ସ୍ୱାର୍ଥ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ
୨୬ ବର୍ଷରେ
# ପର୍ଯ୍ୟବେକ୍ଷକ
PARYABEKHYAK
ପର୍यवेक्षक

Vol.26 . No.166 Bhubaneswar Wednesday August 07 2024 | ୨୬ତମ ବର୍ଷ ସଂଖ୍ୟା–୧୬୬ ଭୁବନେଶ୍ୱର, ବୁଧବାର, ଅଗଷ୍ଟ ୦୭, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ–୧.୫୦ ₹1.50 | (Air Surcharge - 0.50P) | Member-INS

## ହିଣ୍ଡାଲକୋ ବିରୁଦ୍ଧରେ ମାମଲା ରୁଜୁ କଲା ସିବିଆଇ, ବଢ଼ିବ କି ନବୀନ ପଟ୍ଟନାୟକଙ୍କ ଅଡୁଆ




ଭୁବନେଶ୍ୱର,୬।୮(ପି.ଏନ): ଓଡିଶାର ଝାରସୁଗୁଡା ଜିଲ୍ଲାର ତଳବିରା କୋଇଲା ଖଣି ପାଇଁ ବାଧ୍ୟତାମୂଳକ ପରିବେଶ ଅନୁମତି ହାସଲ ନିମନ୍ତେ ଆଦିତ୍ୟ ବିର୍ଲା ଗ୍ରୁପର ଆଲୁମିନିୟମ ଉତ୍ପାଦନକାରୀ କମ୍ପାନୀ ହିଣ୍ଡାଲକୋ ବ୍ୟାପକ ଲାଂଚ୍ କାରବାର କରିଥିବାର ପ୍ରାରମ୍ଭିକ ପ୍ରମାଣ ଆଧାରରେ ସିବିଆଇ ଏଫଆଇଆର ରୁଜୁ କରିଛି । ପରିବେଶ ଅନୁମତି ପାଇଁ ହିଣ୍ଡାଲକୋ ମୋଟା ଅଙ୍କର ଅର୍ଥ ମନ୍ତ୍ରଣାଳୟର ଅଧିକାରୀମାନଙ୍କୁ ଦେଇଥିବା ନେଇ ଅଭିଯୋଗ ଆସିବା ପରେ ୨୦୧୬ ମସିହାରେ ସିବିଆଇ ପ୍ରାରମ୍ଭିକ ତଦନ୍ତ ଆରମ୍ଭ କରିଥିଲା । ଏବେ ପ୍ରାୟ ଦୀର୍ଘ ୮ବର୍ଷ ପରେ ସିବିଆଇ ଏହି ଅଭିଯୋଗ ଉପରେ ମାମଲା ରୁଜୁ କରିଛି । ଯାହାକି ଓଡିଶାର ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକଙ୍କ ଅଡୁଆ ବ?ାଇବାର ଆଶଙ୍କା ଦେଖାଦେଇଛି । ୨୦୦୫ ଅଗଷ୍ଟ ୧୭ତାରିଖରେ ନବୀନ ହିଁ ହିଣ୍ଡାଲକୋକୁ ତଳବିରା କୋଇଲା ଖଣି ଦେବା ପାଇଁ ତତକାଳୀନ ପ୍ରଧାନମନ୍ତ୍ରୀ ମନମୋହନ ସିଂଙ୍କୁ ଲିଖିତ ଅନୁରୋଧ କରିଥିଲେ ।ସୂଚ଼ନା ଅନୁସାରେ, ତତକାଳୀନ କେନ୍ଦ୍ର ପରିବେଶ ଓ ଜଙ୍ଗଲ ମନ୍ତ୍ରଣାଳୟର ନିର୍ଦ୍ଦେଶକ ଟି ଚ଼ାନ୍ଦିନୀଙ୍କ ବିରୁଦ୍ଧରେ ମଧ ସରକାରୀ ଗାଇଡଲାଇନକୁ ଉଲ୍ଲଘଂନ କରି ଝାରସୁଗୁଡାର ଅତ୍ୟଧିକ ପ୍ରଦୂଷିତ ଅଂଚ଼ଳରେ ତଳବିରା-୧ କୋଇଲା ଖଣିରେ ଖନନର ଅନୁମତି ଦେବା ପାଇଁ ଏକ୍ସପର୍ଟ ଆପ୍ରାଇଜାଲ କମିଟି(ଇଏସି)ର ସଦସ୍ୟ ସଚ଼ିବ ଭାବେ କମ୍ପାନୀ ସପକ୍ଷରେ ମତ ରଖିଥିବାର ପ୍ରମାଣ ମଧ ସିବିଆଇକୁ ମିଳିଛି । ଆଦିତ୍ୟ ବିର୍ଲା ଗ୍ରୁପର ଏହି କମ୍ପାନୀ ତଳବିରା କୋଇଲା ଖଣି ପାଇଁ ପରିବେଶ ଅନୁମତି ହାସଲ କରିବାକୁ ୨୦୧୧ରୁ ୨୦୧୩ ମସିହା ମଧ୍ୟରେ ମନ୍ତ୍ରଣାଳୟର ଅଧିକାରୀମାନଙ୍କୁ ବ୍ୟାପକ ଲାଂଚ଼ ଦେଇଥିବାର ଅଭିଯୋଗ ଉପରେ ସିବିଆଇ ୨୦୧୬ ମସିହାରେ ପ୍ରାରମ୍ଭିକ ତଦନ୍ତ ଆରମ୍ଭ କରିଥିଲା । ଆଉ ଏହି ପ୍ରାରମ୍ଭିକ ତଦନ୍ତର ୮ବର୍ଷ ପରେ ସିବିଆଇ ଏବେ ମାମଲା ରୁଜୁ କରିଛି । ତଦନ୍ତରୁ ଜଣାପଡିଛି ଯେ, ୨୦୦୬ ମସିହାରେ କେନ୍ଦ୍ର ପରିବେଶ ଓ ଜଙ୍ଗଲ ମନ୍ତ୍ରଣାଳୟ ପକ୍ଷରୁ ଜାରି ଗାଇଡଲାଇନରେ ସମସ୍ତ ନୂଆ ପ୍ରକଳ୍ପ, ବର୍ତ୍ତମାନ ପ୍ରକଳ୍ପର ସମ୍ପ୍ରସାରଣ ଓ ଉତ୍ପାଦ ୟୁନିଟରେ ପରିବର୍ତ୍ତନ ଆଦି ପାଇଁ ପରିବେଶ ଅନୁମତି ନେବା ବାଧ୍ୟତାମୂଳକ କରାଯାଇଥିଲା । ଯେଉଁ ପ୍ରକଳ୍ପକୁ ଆଗୁଆ ପରିବେଶ ଅନୁମତିର ଆବଶ୍ୟକତା ଥିଲା, ସେଗୁଡିକୁ ବିଭିନ୍ନ ବିଶେଷଜ୍ଞ ବିଶିଷ୍ଟ କମିଟି(ଇଏସି) ମାଧ୍ୟମ ଦେଇ ଯିବାକୁ ପଡୁଥିଲା । ଇଏସିଙ୍କ ସୁପାରିଶ ଆଧାରରେ ନିୟାମକ ପ୍ରାଧିକରଣ ଏହି ପରିବେଶ ଅନୁମତି ଦେଉଥିଲେ।

### ନିଟ୍ ପେପର ଲିକ୍ ମାମଲା: ଭୁବନେଶ୍ୱରରୁ ଜଣଙ୍କୁ ଗିରଫ କରିଛି ସିବିଆଇ

ଭୁବନେଶ୍ୱର,୬।୮(ପି.ଏନ): ନିଟ୍ ପେପର ଲିକ୍ ମାମଲାରେ ସିବିଆଇକୁ ମିଳିଛି ଆଉ ଏକ ସଫଳତା । ଭୁବନେଶ୍ୱରରୁ ଜଣେ ଅଭିଯୁକ୍ତକୁ ଗିରଫ କରିଛି ସିବିଆଇ । ଗିରଫ ଅଭିଯୁକ୍ତ ହେଉଛନ୍ତି ସୁଶାନ୍ତ ସାମନ୍ତ । ପ୍ରଶ୍ନପତ୍ର ବିତରଣରେ ସମ୍ପୃକ୍ତି ଥିବା ଅଭିଯୋଗରେ ତାଙ୍କୁ ଗିରଫ କରାଯାଇଛି । ସିବିଆଇ ତାଙ୍କୁ ୫ ଦିନିଆ ରିମାଣ୍ଡରେ ନେଇଛି । ତେବେ ସିବିଆଇ ୧୦ ଦିନ ରିମାଣ୍ଡ ପାଇଁ ନିବେଦନ କରିଥିଲା ।ସୂଚ଼ନାରୁ ପ୍ରକାଶ ସିବିଆଇ ନିଟ୍ ୟୁଜି ପେପର ଲିକ୍ ମାମଲାରେ ଶନିବାର ଭୁବନେଶ୍ୱରରୁ ଜଣେ ଅଭିଯୁକ୍ତ ସୁଶାନ୍ତ ସାମନ୍ତଙ୍କୁ ଗିରଫ କରିଥିଲା । ଏହା ପରେ ସୋମବାର ପାଟନା ସ୍ଥିତ ସିବିଆଇର କାର୍ଯ୍ୟନିର୍ବାହୀ ମାଜିଷ୍ଟ୍ରେଟଙ୍କ କୋର୍ଟରେ ସୁଶାନ୍ତଙ୍କୁ ହାଜର କରାଯାଇଥିଲା । ସିବିଆଇ ଅଭିଯୁକ୍ତକୁ ୧୦ ଦିନିଆ ରିମାଣ୍ଡରେ ନେବା ପାଇଁ କୋର୍ଟକୁ ନିବେଦନ କରିଥିଲେ କିନ୍ତୁ କୋର୍ଟ ତାଙ୍କୁ ୫ ଦିନିଆ ରିମାଣ୍ଡରେ ନେବା ପାଇଁ ଅନୁମତି ଦେଇଥିଲେ । ତେବେ ବର୍ତ୍ତମାନ ପର୍ଯ୍ୟନ୍ତ ସିବିଆଇ ଏହି ମାମଲାରେ ୧୩ ଜଣଙ୍କ ନାଁରେ ମାମଲା ରୁଜୁ କରିସାରିଛି ।

## ନବୀନଙ୍କ ଟ୍ୟୁସନ୍ ପରେ ମୟୂରଭଞ୍ଜ ବିଜେଡିର ମାନସ ମନ୍ଥନ; ଆସିଲେନି ସୁଦାମ



ଭୁବନେଶ୍ୱର,୬।୮(ପି.ଏନ): ସାଧାରଣ ନିର୍ବାଚ଼ନରେ ମୟୂରଭଞ୍ଜ ଜିଲ୍ଲାରେ ବିପର୍ଯ୍ୟୟ ଘଟିଥିଲା। ପରେ ରାଜ୍ୟସଭା ସାଂସଦ ମମତା ମହାନ୍ତଙ୍କ ଇସ୍ତଫାକୁ ନେଇ ବଢ଼ିଛି ବିଜେଡିର ଟେନ୍ସନ। ଜିଲ୍ଲାରେ ବିଜେଡି ଦୁଇ ଫାଳ ହୋଇଥିବା ଚ଼ର୍ଚ୍ଚା ହେଉଛ। ତେବେ ସ୍ଥିତି ଅସମ୍ଭାଳ ହେଉଥିବା ଦେଖି ଦଳପତି ଜିଲ୍ଲାର ବିଜେଡି ନେତାମାନଙ୍କୁ ଡାକି ଟ୍ୟୁସନ୍ କରିଥିଲେ। ହେଲେ ଦଳପତିଙ୍କ ବୈଠକରେ ଜିଲ୍ଲା ସଭାପତି ତଥା ପୂର୍ବତନ ମନ୍ତ୍ରୀ ସୁଦାମ ମାରାଣ୍ଡିଙ୍କୁ ଦେଖିବାକୁ ମିଳିନଥିଲା। ଯାହାକୁ ନେଇ ନାନା କଳ୍ପଜଳ୍ପନା ଲାଗି ରହିଥିବା ବେଳେ ସୋମବାର ବାରିପଦାରେ ଜିଲ୍ଲା ବିଜେଡିର ବସିଥିବା ଗୁରୁତ୍ୱପୂର୍ଣ୍ଣ ବୈଠକରେ ନଥିଲେ ସୁଦାମ ଓ ତାଙ୍କ ସମର୍ଥକ ।ମୟୂରଭଞ୍ଜ ବିଜେଡି ଦୁଇ ଫାଳ ହୋଇଯାଇଛି ! ଦୁଇ ଗୋଷ୍ଠୀ ନିଜ ନିଜର ସମର୍ଥକଙ୍କୁ ଧରି ମେଳି କରୁଥିବା ବେଳେ କୁଡୁମୀ ସମ୍ପ୍ରଦାୟର ଟାଣୁଆ ନେତ୍ରୀ ତଥା ରାଜ୍ୟସଭା ସାଂସଦ ମମତା ମହାନ୍ତ ଇସ୍ତଫା ଦେଇଥିଲେ। ଆଉ ଇସ୍ତଫା ଦେଲା ବେଳେ ମମତା ବିଜେଡି ଉପରେ ଅସନ୍ତୋଷ ଝାଡିଥିଲେ। ତା'ପର ଦିନ ସେ ବିଜେପିରେ ଯୋଗଦେଇଥିଲେ। ମମତା ବିଜେପିରେ ଯୋଗଦେବା ପରେ ମୟୂରଭଞ୍ଜ ବିଜେଡିରେ ସୃଷ୍ଟି ହୋଇଥିଲା ଅଶାନ୍ତ ଝଡ। ଅନେକ ବିଜେଡି ନେତା ବିଜେପିରେ ମିଶିବେ ବୋଲି ଚ଼ର୍ଚ୍ଚା ଓ ଆଲୋଚ଼ନା ଆରମ୍ଭ ହେଲା ।ମୟୂରଭଞ୍ଜ ବିଜେଡି ଖଣ୍ଡଖଣ୍ଡ ହେବା ପୂର୍ବରୁ ନବୀନ ପଟ୍ଟନାୟକ ଡାକିଥିଲେ ଗୁରୁତ୍ୱପୂର୍ଣ୍ଣ ବୈଠକ। ନବୀନ ନିବାସରେ ବସିଥିବା ବୈଠକରେ କିଛି ବିଧାୟକ ପ୍ରାର୍ଥୀ ଓ ବରିଷ୍ଠ କର୍ମକର୍ତ୍ତା ଯୋଗଦେଇଥିଲେ। ହେଲେ ଜିଲ୍ଲା ସଭାପତି ତଥା ପୂର୍ବତନ ମନ୍ତ୍ରୀ ସୁଦାମ ମାରାଣ୍ଡି, ତାଙ୍କ ପତ୍ନୀ ତଥା ବାଙ୍ଗିରିପୋଷି, ଯଶିପୁର ବିଧାୟକ ପ୍ରାର୍ଥୀ ଓ ଅନେକ ନେତା ଅନୁପସ୍ଥିତ ଥିଲେ। ବୈଠକରେ ଯୋଗଦେଇଥିବା ନେତାଙ୍କୁ ନବୀନ ଟ୍ୟୁସନ୍ କରିଥିଲେ। ଆଗାମୀ ରଣନୀତି ନେଇ ଟାକ୍ସ ଦେଇଥିଲେ। ଲୋକଙ୍କ ପାଖକୁ ଯାଆନ୍ତୁ, ଲୋକଙ୍କ ସୁଖ ଦୁଃଖରେ ଠିଆ ହୁଅନ୍ତୁ; ଏଥର ହେଲାନାହିଁ, କିନ୍ତୁ ଆର ଥରକୁ ଆମେ ଆଉ ଥରେ ସରକାର ଗଢ଼ିବା ବୋଲି ନବୀନ ଦୃଢୋକ୍ତି ପ୍ରକାଶ କରିଥିଲେ।

## ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁଙ୍କୁ ଫିଜିର ସର୍ବୋଚ୍ଚ ସମ୍ମାନ



ଭୁବନେଶ୍ୱର,୬।୮(ପି.ଏନ): ଭାରତର ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁଙ୍କୁ ମିଳିଛି ଫିଜିର ସର୍ବୋଚ୍ଚ ବେସାମରିକ ସମ୍ମାନ। ଫିଜିର ରାଷ୍ଟ୍ରପତି ରାତୁ ୱିଲିୟମ ମିଆଭାଲିଲି କାଟୋନିଭେରେ ତାଙ୍କୁ 'Companion of the Order of Fiji' ସମ୍ମାନରେ ସମ୍ମାନୀତ କରିଛନ୍ତି। ରାଷ୍ଟ୍ରପତି ମୁର୍ମୁ ଏବେ ଦୁଇ ଦିନିକିଆ ଫିଜି ଗସ୍ତରେ ରହିଛନ୍ତି। ଏହି ଗସ୍ତ ସମୟରେ ତାଙ୍କୁ ଏପରି ସମ୍ମାନ ମିଳିଛି। ଏହି ସମ୍ମାନ ଭାରତ ଓ ଫିଜି ମଧ୍ୟରେ ଥିବା ଗଭୀର ବନ୍ଧୁତାର ପ୍ରତିଫଳନ ବୋଲି ରାଷ୍ଟ୍ରପତି ମୁର୍ମୁ ଅଭିହିତ କରିଛନ୍ତି। ଭାରତର ପ୍ରଥମ ରାଷ୍ଟ୍ରମୁଖ୍ୟ ଭାବେ ଫିଜି ଗସ୍ତ କରିଥିବା ରାଷ୍ଟ୍ରପତି ମୁର୍ମୁ ସେଠାକାର ସଂସଦକୁ ମଧ ସମ୍ବୋଧନ କରିଥିଲେ।

## ମମତାଙ୍କ ଚ଼ାଞ୍ଚଲ୍ୟକର ବୟାନ୍; ବବି କହିଥିଲେ- ୪ରେ ତୁମ ହିସାବ କରାଯିବ



ଭୁବନେଶ୍ୱର,୬।୮(ପି.ଏନ): କୁଡୁମୀ ସମ୍ପ୍ରଦାୟର ଟାଣୁଆ ନେତ୍ରୀ ମମତା ମହାନ୍ତଙ୍କୁ ମିଳିଥିଲା ଅଲଟିମେଟମ୍। ଆଉ ସେହି ଅଲଟିମେଟମ୍ ଦେଇଥିଲେ ବିଜେଡିର ପାୱାରଫୁଲ୍ ନେତା ପ୍ରଣବ ପ୍ରକାଶ ଦାସ ଓରଫ ବବି। ଅଗଷ୍ଟ ୪ ତାରିଖରେ ତୁମର ହିସାବ କରାଯିବ ବୋଲି ବବି କହିଥିବା ମମତା ମହାନ୍ତ ଆଜି କମହିଛନ୍ତି ।ବିଜେପିରେ ଯୋଗଦେବା ପରେ ପ୍ରଥମର ଥର ପାଇଁ ଆଜି ମମତା ମହାନ୍ତି ଦିଲ୍ଲୀରୁ ଓଡିଶା ଆସିଛନ୍ତି। ଆଜି ସେ ଭୁବନେଶ୍ୱର ବିମାନବନ୍ଦରରେ ପହଞ୍ଚିବା ପରେ ରାଜ୍ୟ ବିଜେପି ଭବ୍ୟ ସ୍ୱାଗତ କରାଯାଇଥିଲା। ବିଜେପି ରାଜ୍ୟ କାର୍ଯ୍ୟାଳୟରେ ଶ୍ରୀମତୀ ମହାନ୍ତ କହିଛନ୍ତି, ନିର୍ବାଚ଼ନ ପୂର୍ବରୁ ମୋତେ ଡକା ଯାଇଥିଲେ। କୁଡୁମୀ ସମ୍ପ୍ରଦାୟର ଲୋକମାନେ ଭୋଟ୍ ଦେବେନି ବବି ବୋଲି କହିଥିଲେ। ତେଣୁ ତୁମ ହିସାବ ୪ ତାରିଖରେ କରାଯିବ। ରାଜ୍ୟସଭାରୁ ତୁମକୁ ବାହାର କରାଯିବ ବୋଲି ବବି କହିଥିବା ମମତା କହିଛନ୍ତି।

## ଭାରତ ଆସିବାକୁ ଅନୁମତି ମାଗିଥିଲେ ଶେଖ୍ ହସିନା



ଭୁବନେଶ୍ୱର,୬।୮(ପି.ଏନ): ଦେଶରେ ଚ଼ାଲିଥିବା ହିଂସା ମଧ୍ୟରେ କିଛି ସମୟ ପାଇଁ ଭାରତରେ ରହିବାକୁ ଅନୁମତି ମାଗିଥିଲେ ବାଂଲାଦେଶ ପୂର୍ବତନ ପ୍ରଧାନମନ୍ତ୍ରୀ ଶେଖ୍ ହସିନା। ଆଜି ରାଜ୍ୟସଭାରେ ବକ୍ତବ୍ୟ ରଖିବା ସମୟରେ ଏହି ସୂଚ଼ନା ଜେଇଛନ୍ତି ବୈଦେଶିକ ମନ୍ତ୍ରୀ ଡ. ଏସ୍ ଜୟଶଙ୍କର। ସେ କହିଛନ୍ତି, 'ବଂଲାଦେଶ ପୂର୍ବତନ ପ୍ରଧାନମନ୍ତ୍ରୀ ଶେଖ୍ ହସିନା କିଛି ସମୟ ପାଇଁ ତାଙ୍କୁ ଭାରତରେ ରହିବାକୁ ଅନୁମତି ଦେବାକୁ ସେ ଅନୁରୋଧ କରିଥିଲେ। ଏହି ଆଲୋଚ଼ନା ପରେ ସେ ପ୍ରଧାନମନ୍ତ୍ରୀ ପଦରୁ ଇସ୍ତଫା ଦେଇଥିଲେ ଏବଂ ଗତକାଲି ସନ୍ଧ୍ୟାରେ ଦିଲ୍ଲୀରେ ପହଞ୍ଚିଥିଲେ।'ଆଜି ବାଂଲାଦେଶରେ ଚ଼ାଲିଥିବା ସଙ୍କଟକୁ ନେଇ ସର୍ବଦଳୀୟ ବୈଠକରେ ଆଲୋଚ଼ନା ପରେ ଉପର ଗୃହକୁ ଏହି ସୂଚ଼ନା ଦେଇଛନ୍ତି ବୈଦେଶିକ ମନ୍ତ୍ରୀ ଏସ୍ ଜୟଶଙ୍କର। ବାଂଲାଦେଶରେ ରହୁଥିବା ପ୍ରବାସୀ ଭାରତୀୟଙ୍କ ସୁରକ୍ଷା ପ୍ରତି ମଧ ଧ୍ୟାନ ଦିଆଯାଉଥିବା ସେ କହିଛନ୍ତି।

## କେବେ ତୁଟିବ ଆଳୁ ସମସ୍ୟା ? ୬୦ ଟଙ୍କାରେ ମିଳୁଛି କିଲେ



ଭୁବନେଶ୍ୱର,୬।୮(ପି.ଏନ): ପୁଣି ବଢ଼ିଲା ଆଳୁ ସମସ୍ୟା। ପଶ୍ଚିମବଙ୍ଗ ପରିବର୍ତ୍ତ ? ଉତ୍ତରପ୍ରଦେଶରୁ ଆଳୁ ଆଣିବାକୁ ନିଷ୍ପତ୍ତି ନେଇଥିବା ବେଳେ ଏବେ ଆଳୁ ପାଇଁ ପଞ୍ଜାବ ମୁହାଁ ସରକାର। ଆବଶ୍ୟକ ପଡ଼ିଲେ ପଞ୍ଜାବରୁ ଆଳୁ ଅଣାଯିବ ବୋଲି ଯୋଗାଣ ମନ୍ତ୍ରୀ କୃଷ୍ଣଚ଼ନ୍ଦ୍ର ପାତ୍ର ସୂଚ଼ନା ଦେଇଛନ୍ତି। ସେପଟେ ବଜାରରେ ପୁଣି ଆଳୁ ନିଅଣ୍ଟ ହେବାରୁ ଦର ବଢିବାରେ ଲାଗିଛି ।ଗତ ସପ୍ତାହରେ ପଶ୍ଚିମବଙ୍ଗରେ ଧର୍ମଘଟ କାରଣରୁ ଓଡ଼ିଶାକୁ ଆଳୁ ଯୋଗାଣ ବ୍ୟାହତ ହୋଇଥିଲା। ପରବର୍ତ୍ତି ସମୟରେ ପଶ୍ଚିମବଙ୍ଗର ପ୍ରଶାସନ, ପୋଲିସ ଓ ରାଜନୈତିକ କର୍ମୀ ଓଡିଶାର ଆଳୁ ଟ୍ରକକୁ ଅଟକାଇ ଜୋର ଜବରଦସ୍ତି ଚ଼ାନ୍ଦା ନେଉଥିବା ନେଇ ଅଭିଯୋଗ ହୋଇଥିଲା। ଓଡ଼ିଶାକୁ ଆଳୁ ନ ଆସିବାରୁ କିଲୋପିଛା ଦର ଅହେତୁକ ଭାବେ ବୃଦ୍ଧି ପାଇଥିଲା। ସେପଟେ ଆଳୁ ସମସ୍ୟା ପାଇଁ ମୁଖ୍ୟମନ୍ତ୍ରୀ ମୋହନ ମାଝୀ ପଶ୍ଚିମବଙ୍ଗ ମୁଖ୍ୟମନ୍ତ୍ରୀ ମମତା ବାନାର୍ଜୀଙ୍କ ସହିତ ଦିଲ୍ଲୀରେ ଆଲୋଚ଼ନା କରିଥିଲେ ମଧ ସୁଫଳ ମିଳିନଥିଲା ।ପରେ ଆଳୁ ସଂକଟ ଦୂର କରିବା ଲାଗି ଉତ୍ତରପ୍ରଦେଶରୁ ଆଣିବାକୁ ନିଷ୍ପତ୍ତି ନେଇଥିଲେ ରାଜ୍ୟ ସରକାର। ଏହି କ୍ରମରେ ଉତ୍ତରପ୍ରଦେଶରେ ଆଳୁ ଆସୁଛି। କିନ୍ତୁ ଉତ୍ତରପ୍ରଦେଶ ଆଳୁକୁ ନେଇ ଏବେ ଖୁଚୁରା ବ୍ୟବସାୟୀ ଓ ଖାଉଟିଙ୍କ ମଧ୍ୟରେ ଅସନ୍ତୋଷ ଥିବା ଦେଖିବାକୁ ମିଳିଛି। ଅଭିଯୋଗ ହେଉଛି ଯେ ଉତ୍ତରପ୍ରଦେଶରୁ ଆସୁଥିବା ଆଳୁ ଖୁବଶୀଘ୍ର ପଚ଼ିଯାଉଛି। କିନ୍ତୁ ଏହି ଅଭିଯୋଗକୁ ଖଣ୍ଡନ କରିଛନ୍ତି ଖୋଦ ଯୋଗାଣ ମନ୍ତ୍ରୀ। ସେ କହିଛନ୍ତି କି ୟୁପି ଆଳୁ ଭଲ କ୍ୱାଲିଟିର।

## ବାର୍ଷିକ ଛାତ୍ରବୃତ୍ତି ପାଇବେ ବିଡି, ଖଣି ଶ୍ରମିକଙ୍କ ପିଲା

ଭୁବନେଶ୍ୱର,୬।୮(ପି.ଏନ): ବିଡି, ସିନେ ଓ ଖଣି (କୋଇଲାକୁ ଛାଡି) ଶ୍ରମିକଙ୍କ ପିଲାମାନଙ୍କୁ ବାର୍ଷିକ ଛାତ୍ରବୃତ୍ତି ପ୍ରଦାନ କରାଯିବ। ଏଥି ପାଇଁ କେନ୍ଦ୍ର ଶ୍ରମ ଓ ନିୟୋଜନ ମନ୍ତ୍ରଣାଳୟ ପକ୍ଷରୁ ଆବେଦନ ଆହ୍ୱାନ କରାଯାଉଛି। ଆଗ୍ରହୀ ଛାତ୍ରଛାତ୍ରୀ ଓ ଅଭିଭାବକମାନେ ଆବେଦନ କରିପାରିବେ। ପ୍ରଥମରୁ ଦଶମ ଶ୍ରେଣୀ ପର୍ଯ୍ୟନ୍ତ ଛାତ୍ରଛାତ୍ରୀ ଅଗଷ୍ଟ ୩୧ ତାରିଖ ସୁଦ୍ଧା ଏବଂ ଏକାଦଶରୁ ଉର୍ଦ୍ଧ୍ୱ ଶ୍ରେଣୀର ଛାତ୍ରଛାତ୍ରୀ ୩୧ ଅକ୍ଟୋବର ସୁଦ୍ଧା ଜାତୀୟ ଛାତ୍ରବୃତ୍ତି ପୋର୍ଟାଲ୍ https://scholarships.gov.inରେ ଆବେଦନ କରିପାରିବେ ।ଛାତ୍ରବୃତ୍ତି ବାବଦରେ ପ୍ରଥମରୁ ଚ଼ତୁର୍ଥ ଶ୍ରେଣୀ ପିଲା ବାର୍ଷିକ ୧୦୦୦ ଟଙ୍କା, ପଞ୍ଚମରୁ ଅଷ୍ଟମ ଶ୍ରେଣୀ ଛାତ୍ରଛାତ୍ରୀ ୧,୫୦୦ ଟଙ୍କା, ନବମ ଓ ଦଶମ ଶ୍ରେଣୀ ପିଲା ୨ହଜାର ଟଙ୍କା ଏବଂ ଏକାଦଶ ଓ ଦ୍ୱାଦଶ ଶ୍ରେଣୀ ପିଲା ୩,୦୦୦ ଟଙ୍କାର ଛାତ୍ରବୃତ୍ତି ପାଇବେ। ସେହିପରି ଆଇଟିଆଇ, ପଲିଟେକ୍ନିକ୍, ବିଏସସି ଏଗ୍ରିକଲଚ଼ର୍ ସମେତ ସ୍ନାତକ ପାଠ୍ୟକ୍ରମ ପାଇଁ ଛାତ୍ରଛାତ୍ରୀଙ୍କୁ ୬,୦୦୦ ଟଙ୍କା ଲେଖାଏଁ ବାର୍ଷିକ ଛାତ୍ରବୃତ୍ତି ମିଳିବ। ପେସାଦାର ପାଠ୍ୟକ୍ରମ ପାଇଁ ୨୫,୦୦୦ ଟଙ୍କାର ଛାତ୍ରବୃତ୍ତି ନିର୍ଦ୍ଧାରଣ କରାଯାଇଛି। ପରବର୍ତ୍ତୀ ଶ୍ରେଣୀକୁ ଉତ୍ତୀର୍ଣ୍ଣ ହୋଇଥିବା ଛାତ୍ରଛାତ୍ରୀ ଉପରୋକ୍ତ ଛାତ୍ରବୃତ୍ତି ପାଇଁ ଆବେଦନ କରିପାରିବେ ।ମାସିକ ଦଶ ହଜାର ଟଙ୍କାରୁ କମ୍ ଆୟ କରୁଥିବା ବିଡି ଶ୍ରମିକ, ଲୁହାପଥର, ମାଙ୍ଗାନିଜ୍, କ୍ରୋମ୍ ଖଣି, ଚୂନପଥର, ଡେଲୋମାଇଟ୍ ଖଣିର ଶ୍ରମିକ ଏବଂ ୮ହଜାର ଟଙ୍କାରୁ କମ୍ ରୋଜଗାର କରୁଥିବା ସିନେ ଶ୍ରମିକଙ୍କ ପିଲାମାନେ ଏହି ଛାତ୍ରବୃତ୍ତି ପାଇଁ ଯୋଗ୍ୟ ଅଟନ୍ତି। ଆଗ୍ରହୀ ଛାତ୍ରଛାତ୍ରୀ ଏବଂ ଅଭିଭାବକ ସେମାନଙ୍କର ସ୍ୱତନ୍ତ୍ର ମୋବାଇଲ୍ ନମ୍ବର, ଫଟୋ, ଶ୍ରମିକଙ୍କ ପରିଚ଼ୟପତ୍ର, ବ୍ୟାଙ୍କ ପାସ୍ ବୁକ୍ ବିବରଣୀ, ପୂର୍ବ ଶିକ୍ଷାବର୍ଷର ମାର୍କଶିଟ୍ କିମ୍ବା ସାର୍ଟିଫିକେଟ୍, କ୍ଷମତାପ୍ରାପ୍ତ ରାଜସ୍ୱ କର୍ତ୍ତୃପକ୍ଷଙ୍କ ଠାରୁ ମିଳିଥିବା ଆୟ ପ୍ରମାଣପତ୍ର ସହିତ ବୃତ୍ତି ଯୋଜନା ପାଇଁ ଆବେଦନ କରିପାରିବେ। ହିତାଧିକାରୀ ଛାତ୍ରଛାତ୍ରୀଙ୍କର ସ୍ୱତନ୍ତ୍ର ବ୍ୟାଙ୍କ ଏକାଉଣ୍ଟ ଥିବା ଆବଶ୍ୟକ। ଡିବିଟି ଜରିଆରେ ବ୍ୟାଙ୍କ ଏକାଉଣ୍ଟକୁ ସିଧାସଳଖ ଅର୍ଥ ହସ୍ତାନ୍ତର କରାଯିବ।








# ଟି ଟାଇମ୍

## ପ୍ରଦୂଷଣ ବିହୀନ କାର୍

ଗାଡ଼ିମଟରର ବ୍ୟବହାର ପ୍ରଦୂଷଣ ବଢ଼ାଇଥାଏ । କିନ୍ତୁ ଏହି ଫଟୋ ଦେଖି ଆପଣ ଅନୁମାନ ଲଗାଇପାରୁଥିବେ କାର୍ ନିର୍ମାତାମାନେ ପ୍ରଦୂଷଣ ରୋକିବା ପାଇଁ ଅନେକ ପରିଶ୍ରମ କରୁଛନ୍ତି । ଏହା ସ୍ମାର୍ଟ ଫୋରଟୁ କାର୍। ଏଥିରେ ପାଂଚ ବର୍ଗ ମିଟର କ୍ଷେତ୍ରରେ ଘାସ ଜମା ହୋଇଛି । ଯାହା ପ୍ରକୃତରେ ସତସତିକା ଘାସ ନୁହେଁ ଏହା ସିଡ଼ମ ଘାସ। କାର ନିର୍ମାତାମାନେ ସେହି ସିଡ଼ମ ଘାସର ବ୍ୟବହାର କରିଛନ୍ତି । ସ୍ମାର୍ଟ ଫୋରଟୁ କାର୍ ମୁବଲ ଲ୍ୟାବର ଗ୍ରୀନ୍ ସ୍କ୍ରିନ୍ ପ୍ରୋଜେକ୍ଟ ଅନ୍ତର୍ଗତ । ମୁବଲଙ୍କ କହିବା ଅନୁସାରେ ରାସ୍ତାରେ ଯେତେବେଳେ ଏହି ଧରଣର କାର୍ ଚଳିବ, ପ୍ରଦୂଷଣ କମ୍ ହେବ ଓ ପର୍ଯ୍ୟାବରଣର ପରିସ୍ଥିତି ସୁଧୁରିବ। ଏହି କାର୍‌କୁ ପ୍ରଥମେ ଜର୍ମାନଠାରେ ସ୍ଟଟଗାର୍ଟରେ ଆସନ୍ତା ବର୍ଷର ପ୍ରଥମ ମାସରେ ସଡ଼କ ଉପରକୁ ଅଣାଯିବ । କମ୍ପାନୀର କହିବାନୁସାରେ ଏହି କାର୍ ପ୍ରତିବର୍ଷ ୭କିଲୋଗ୍ରାମ କାର୍ବନ ଡାଇଅକ୍ସାଇଡ଼ ଗ୍ୟାସ୍ କମ୍ କରିଥାଏ । ଯାହା ଗୋଟିଏ ଗଛ ସେହି ସମୟରେ ୨.୬କାର୍ବନକୁ ସଫା କରିଥାଏ । ଏମିତି ଦେଖିବାକୁ ଗଲେ ଅଟୋ ସେକ୍ଟରର ଇଞ୍ଜିନିୟର ମାନେ ଏବେ ଗ୍ରୀନ୍ ସଲ୍ୟୁସନ୍‌କୁ ନେଇ ଅଧିକ ଜାଗ୍ରତ ଅଛନ୍ତି । ଆମେରିକୀୟ କମ୍ପାନୀ ଫୋର୍ଡ଼ ଗିକି ସହିତ ମିଶି ଏହି ଦିଗରେ କାମ କରୁଛି ।

## ମୋଗଲ ଯୁଗର ଘଂଟେଓ୍ୱାଲା ଦୋକାନ




ଦିଲ୍ଲୀର ଚାନ୍ଦିନି ଚୌକ ସ୍ଥିତ ୨୨୫ବର୍ଷ ପୁରୁଣା ମିଠା ଦୋକାନ ଘଂଟେଓ୍ୱାଲାକୁ କ୍ରୟ କରିବା ପାଇଁ ଆରମ୍ଭ ହୋଇଯାଇଛି ପ୍ରତିଯୋଗିତା। ଏଥିପାଇଁ କିଛି ବ୍ୟବସାୟ ୧୦କୋଟି ଟଙ୍କାର ଅଫର ଦେଇଥିଲା ବେଳେ ଦୋକାନର ମାଲିକ ୧୦୦କୋଟିରୁ ଅଧିକ ଦାବି କରୁଥିବା କୁହାଯାଉଛି। ୧୭୯୦ ମସିହାରେ ମୋଗଲ ଶାସନ ସମୟରେ ଏହି ମିଠା ଦୋକାନର ଆରମ୍ଭ ହୋଇଥିଲା। ମିଠା ଏବଂ ନମକିନ ପାଇଁ ଏହି ଦୋକାନର ଖ୍ୟାତି ଖାଲି ଦିଲ୍ଲୀ ନୁହେଁ ଦେଶ ବାହାରେ ମଧ୍ୟ ରହିଛି। ତେବେ ବର୍ତମାନର ଦୋକାନ ମାଲିକ ସୁଶାନ୍ତ ଜୈନ ଏହି ଦୋକାନକୁ କିଛି ଦିନ ହେବ ବନ୍ଦ କରିଛନ୍ତି। ତାଙ୍କ ଯୁକ୍ତି ହେଉଛି ଯେ, କ୍ୱାଲିଟ କଂଟ୍ରୋଲ ବିଭାଗର ଚାପ ଯୋଗୁ ଦୋକାନ ଚଳାଇବା କଷ୍ଟ ହେଉଛି। ଏଥିସହ ଦୋକାନ ବନ୍ଦ କରିବାର ଅନ୍ୟ କାରଣ ମଧ୍ୟ ରହିଛି। ଦୋକାନ ବନ୍ଦ କାରଣରୁ ପୁରୁଣା ଦିଲ୍ଲୀର ଲୋକମାନଙ୍କ ମଧ୍ୟରେ ନିରାଶା ଭାବ ଦେଖାଦେଇଛି। ଦୋକାନ ବିକ୍ରି ହେବାର ଚର୍ଚ୍ଚା ଯୋର ଧରିଥିବାରୁ ବହୁ ଦୋକାନି ଦୋକାନ କିଣିବା ପାଇଁ ଆଗ୍ରହ ପ୍ରକାଶ କରିଛନ୍ତି। ଏଥିପାଇଁ ୧୦କୋଟିରୁ ଅଧିକ ଟଙ୍କାର ଅଫର ମଧ୍ୟ ସେମାନେ ଦେଲେଣି।

## ଥକ୍କାପଣ ଦୂର କରିବ ପ୍ରୋଟିନ୍ ଖାଦ୍ୟ



ଅଧିକାଂଶ ସମୟ ଲୋକଙ୍କର ଅଭିଯୋଗ ରହିଆସିଛି ଯେ, ସେମାନେ ଅଳ୍ପ କାମ ରେ ଜଲଦି ଥକିପଡ଼ନ୍ତି । କିଛି ବ୍ୟକ୍ତି ଏଭଳି ବି ଅଛନ୍ତି ଯିଏ କିଛି କାମ ନ କରି ମଧ ଥକ୍କା ଅନୁଭବ କରିଥାନ୍ତି। ଶରୀରରେ ଶକ୍ତିର କମି ଫଳରେ ଜଣେ ବ୍ୟକ୍ତି ଥକ୍କା ଅନୁବବ କରିଥାଏ । ତେଣୁ ଶରୀରକୁ ଶକ୍ତିଶାଳୀ ବନାଇବାପାଇଁ ଆପଣ ଆପଣଙ୍କ ଖାଦ୍ୟରେ ଦିନଚର୍ଯ୍ୟାରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ସାମିଲ କରନ୍ତୁ । ପୂରା ଦିନ ପାଣି କିମ୍ବା କିଛି ତରଳ ପଦାର୍ଥ ପିଇବା ଉଚିତ୍ । ପାଣି ଶରୀରର ହାନୀକାରକ ତତ୍ୱକୁ ବାହାରକୁ ବାହାର କରି ଶାରୀରିକ ପ୍ରଣାଳୀରେ ନୂତନ ଶକ୍ତି ସୃଷ୍ଟି କରିଥାଏ । ସର୍ବତ, ଫଳରସ, ନଡ଼ିଆ ପାଣି ଭଳି ପାଣି ଜିନିଷ ପିଇବା ଉଚିତ୍ । ଶାରୀରିକ ସତେଜ ରହିବା ପାଇଁ ପ୍ରୋଟୀନ୍ ଯୁକ୍ତ ଖାଦ୍ୟ ନିଜ ଖାଦ୍ୟରେ ଗ୍ରହଣ କରିବା ଉଚିତ୍ । କାବ୍ରୋହାଇଡ୍ରେଟ୍ରୁ ଶରୀରକୁ ଶକ୍ତି ମିଳିଥାଏ। ଫଳମାନଙ୍କ ମଧ୍ୟରେ କମଳା, ଆତାବି, ଲିଚି ଆଦି ଖାଇବା ଉଚିତ୍ । ଏଥିରେ ପ୍ରଚୁର ମାତ୍ରାରେ ଗ୍ଲୁକୋଜ ରହିଥାଏ । କ୍ଷୀରରେ ମହୁ ମିଶାଇ ଓ କଦଳୀର ସେକ୍ ପିଇଲେ ଶରୀରକୁ ଭଲ ଶକ୍ତି ମିଳିଥାଏ । ସବୁଠାରୁ ମହତ୍ୱପୂର୍ଣ୍ଣ କଥା ହେଉଛି ଆପଣ ପୂରା ଦିନ ଯେତେ କାମ କରିଲେ ମଧ ୭ରୁ ୮ ଘଂଟାର ନୀଦ ପୂରା କରିବା ଉଚିତ୍ । ଏଭଳି କଲେ ପର ଆପଣଙ୍କୁ ସଠିକ୍ ଶକ୍ତି ମିଳିପାରିବ । ଯେବେ ବି ଥକ୍କାପଣ ଅନୁଭବ ହୁଏ ତେବେ ୧୫ କିମ୍ବା ୨୦ମିନିଟ୍‌ର ବିଶ୍ରାମ ଯେମିତି ହେଲେ ନେବେ । ନୀଦ ପୂରା ନହେଲେ ଶରୀରର ଓଜନ ମଧ ବଢ଼ିଥାଏ ଓ ଥକ୍କାପଣ ଜଲଦି ଆସିଯାଇଥାଏ ।

## ପୁରାଣ କାହାଣୀ

# ନାରୀଙ୍କ ସାତଟି ବିଶେଷ ଗୁଣ



ଭଗବାନ ତାଙ୍କ ସୃଷ୍ଟିର ସମସ୍ତ ଜୀବଙ୍କ ଭିତରେ, ଆତ୍ମା ରୂପରେ ସମାନ ଭାବରେ ପୂରି ରହି ସମସ୍ତଙ୍କୁ ସଂଚାଳିତ କରୁଥିଲେ ମଧ୍ୟ ଭିନ୍ନ ଭିନ୍ନ ଲୋକଙ୍କର ପୃଥକ୍ ପୃଥକ୍ କର୍ମ ସମ୍ପାଦନ ନିମିତ ଶକ୍ତିର ବିଭିନ୍ନତା ଦୃଷ୍ଟିରୁ ସେମାନଙ୍କ ଭିତରେ ଭଗବାନ୍‌ଙ୍କ ବିଭୂତିର ତାରତମ୍ୟ ଦେଖାଦେଇଥାଏ । ସେହି ଦୃଷ୍ଟିରୁ ପିଲାମାନଙ୍କୁ ଜନ୍ମ ଦେଇ ସେମାନଙ୍କର ଲାଳନପାଳନ କରିବା ସହିତ ଅନ୍ୟମାନଙ୍କ ପ୍ରତି ଅନୁକମ୍ପା ପ୍ରଦର୍ଶନ କରି ପରିବାର ଏବଂ ସମାଜରେ ମାଧୁର୍ଯ୍ୟର ଭାବ ସୃଷ୍ଟି କରିବା ଭଳି କର୍ତବ୍ୟ ସମ୍ପାଦନ ପାଇଁ ଭଗବାନ୍ ତାଙ୍କ ବିଭୂତି ରୂପରେ ନାରୀମାନଙ୍କଠାରେ ସାତୋଟି ବିଶେଷ ଗୁଣ ରୂପରେ ପ୍ରକାଶ ହୋଇଛନ୍ତି । ସେହିଗୁଣଗୁଡ଼ିକ ହେଉଛି କୀର୍ତି, ଶ୍ରୀ, ବାକ୍, ସ୍ମୃତି, ମେଧା, ଧୃତି ଏବଂ କ୍ଷମା । ଭଗବାନ କୀର୍ତି ରୂପରେ ନାରୀମାନଙ୍କଠାରେ ପ୍ରକାଶିତ ହୋଇ ନାରୀଙ୍କର ପବିତ୍ରତା, ନିଷ୍କଳଙ୍କ ଚରିତ୍ର ଏବଂ ସଦାଚରଣର ଭାବକୁ ନେଇ ତାଙ୍କର ସୁଖ୍ୟାତି ପ୍ରକାଶ କରିଛନ୍ତି । ସେହି ଦୃଷ୍ଟିରୁ ନାରୀମାନେ ତାଙ୍କ ଉପରେ ନିର୍ଭରଶୀଳ ତାଙ୍କ ପରିବାରର ସମସ୍ତ କାମସବୁ ଠିକ୍ ସମୟରେ କରିଦେବା ଦରକାର । ଏହାଦ୍ୱାରା ପରିବାରବର୍ଗ ଆନନ୍ଦପ୍ରାପ୍ତ ହେବେ ଓ ପରିବାରରେ ଶାନ୍ତିର ବାତାବରଣ ସୃଷ୍ଟି ହେବ ।

ଭଗବାନ୍ ନାରୀମାନଙ୍କ ଶରୀରରେ ମେଧା ରୂପରେ ନିବାସ କରିଥାଆନ୍ତି । ଏହା ହେଉଛି ଧୀଶକ୍ତି ବା ଧାରଣ କରିବାର ଶକ୍ତି । ଏହି ଶକ୍ତିସମ୍ପନ୍ନ ବ୍ୟକ୍ତିକୁ ଯାହା ଥରେ ଶିଖାଇ ଦିଆଯାଏ ସେ ତାହା ସହଜରେ ମନେ ରଖିଥାଆନ୍ତି, ଏପରିକି କେତେକ ବିଷୟ ଜୀବନର ଶେଷ ପର୍ଯ୍ୟନ୍ତ ତାଙ୍କ ମନରେ ରହିଯାଇଥାଏ । ନାରୀମାନଙ୍କ ମେଧା ଦୃଷ୍ଟିରୁ ସେମାନେ ସମସ୍ତ କାମକୁ ଶୀଘ୍ର ବୁଝିଥାନ୍ତି ଓ ବିରକ୍ତି ପ୍ରକାଶ ନକରି ସେ ସବୁର ସମ୍ପନ୍ନ କରିବା ନାରୀପକ୍ଷେ ସହଜସାଧ୍ୟ ହୋଇଥାଏ । ଏହି ଦୃଷ୍ଟିରୁ ଯାହାର ଧୀଶକ୍ତି ଯେତେ ପ୍ରଖର ତା'ର ସେତିକି ଅଧିକ ଆଦର । ଭଗବାନଙ୍କ ବିଭୂତି ଆତ୍ମବଳ ରୂପରେ ନାରୀଙ୍କଠାରେ ପ୍ରକଟିତ ହୋଇ ତାଙ୍କୁ ପ୍ରଦାନ କରୁଥିବା ଧୈର୍ଯ୍ୟ ବା ଧାରଣ କରିବାର ଶକ୍ତି ହେଉଛି ଧୃତି । ଯାହାର ଜୀବନରେ ଧୃତି କମିଯାଏ ସେ ବିଶେଷ ଶକ୍ତିଶାଳୀ ହୋଇ ପାରିନଥାନ୍ତି ଏବଂ ଜୀବନରେ ସଫଳ ହୋଇପାରି ନଥାନ୍ତି । ଦଣ୍ଡ ଦେବାର ଶକ୍ତିଥିଲେ ମଧ୍ୟ ଅପରାଧକୁ ଭୁଲି, ଅପରାଧୀକୁ କିଛି ଦଣ୍ଡ ନ ଦେବା ହେଉଛି କ୍ଷମା। ବିଭୂତି ରୂପରେ ନାରୀମାନଙ୍କ ପାଖରେ ଭଗବାନ ରହି ସେମାନଙ୍କ ସ୍ୱଭାବସୁଲଭ କର୍ତବ୍ୟ ପାଳନ ପାଇଁ ଏହି ସଦ୍‌ଗୁଣର ବିଶେଷ ପ୍ରଭାବ ଅଛି। ଭଗବାନ ତାଙ୍କ ବିଭୂତି ରୂପରେ ପ୍ରକାଶ କରିଥିବା ସାତୋଟି ଗୁଣକୁ ଧାରଣ କରିଥିବା ଜଣେ ଆଦର୍ଶ ନାରୀ ସତୀସାଧ୍ୱୀ ରୂପରେ ଏତେ ଉପରକୁ ଉଠି ଯାଇପାରିବେ ଯେପରି ଲୋକେ ମନେ କରିବେ ଯେ ଜଣେ ଦେବୀ ସ୍ୱର୍ଗରୁ ପୃଥିବୀକୁ ଓହ୍ଲାଇ ଆସିଛନ୍ତି । ସେତେବେଳେ ସେ ପୃଥିବୀ ପରି କ୍ଷମାଶୀଳ, ସମୁଦ୍ର ପରି ଗମ୍ଭୀର, ଗଙ୍ଗା ମାତାଙ୍କ ପରି ପାବନୀ ଏବଂ ଦୃଷ୍ଟଙ୍କ ପାଇଁ ପ୍ରଜ୍ୱଳିତ ଅଗ୍ନି ସ୍ୱରୂପ ହୋଇଯାଇପାରେ । ସେ ସମସ୍ତଙ୍କୁ ଶୀତଳତାର ସ୍ପର୍ଶ ଦେଇପାରିବ ଓ ଆକାଶ ପରି ସମସ୍ତଙ୍କୁ ଧାରଣ କରିପାରିବ ।

## ଦେବୀ ରାଧାଙ୍କ ଜନ୍ମ ରହସ୍ୟ

ବ୍ରହ୍ମବୈବର୍ତ ପୁରାଣରେ ଦେବୀ ରାଧାଙ୍କ ଜନ୍ମ ରହସ୍ୟ କଥା ଉଲ୍ଲେଖ କରାଯାଇଛି । ଦେବୀ ରାଧା ଭଗବାନ୍ ଶ୍ରୀକୃଷ୍ଣଙ୍କ ସହ ଗୋଲକରେ ନିବାସ କରୁଥାନ୍ତି । ଥରେ ଗୋଲକରେ ଦେବୀ ସୀତା ନଥିଲେ । ଶ୍ରୀକୃଷ୍ଣ ବିରଜା ନାମକ ପତ୍ନୀଙ୍କ ସହ ବିବାହ କରୁଥିଲେ । କୃଷ୍ଣ ଓ ବିରଜାଙ୍କ ବିବାହର କଥା ରାଧାଙ୍କୁ ସୂଚନା ମିଳିବା ମାତ୍ରେ ସେ ଗୋଲକକୁ ଆସିଲେ । ସେ କୃଷ୍ଣ ଓ ବିରଜାଙ୍କୁ ଦେଖି ରାଗିଯାଇ ଶ୍ରୀକୃଷ୍ଣଙ୍କୁ ଅନେକ କଥା ଶୁଣାଇଲେ । ଯାହାଫଳରେ ଶ୍ରୀକୃଷ୍ଣଙ୍କ ମିତ୍ର ସୁଦାମାଙ୍କୁ କ୍ରୋଧ ଆସିଲା । ସେ କ୍ରୋଧିତ ହୋଇ ଦେବୀ ରାଧାଙ୍କୁ ଅପମାନ କଲେ । ଯାହାଫଳରେ ଦେବୀ ରାଧା ଓ ସୁଦାମା ପରସ୍ପରକୁ ଅଭିଶାପ ଦେଲେ । ସୁଦାମାଙ୍କ ଅଭିଶାପ କଥା ରାଧା ଶ୍ରୀକୃଷ୍ଣଙ୍କୁ କହିଥିଲେ । ଶ୍ରୀକୃଷ୍ଣ ଦେବୀ ରାଧାଙ୍କୁ କହିଥିଲେ ଯେ ପୃଥିବୀରେ ତୁମେ ଗୋକୁଳରେ ଦେବୀ କୀର୍ତି ଏବଂ ବୃଷଭାନୁଙ୍କ କନ୍ୟାରୂପେ ଜନ୍ମଗ୍ରହଣ କରିବ। ସେଠାରେ ତୁମର ବିବାହ ରାୟାଣ ନାମକ ଏକ ବୈଶ୍ୟ ସହ ହେବ ଏବଂ ସାଂସାରିକ ଭାବେ ତୁମେ ରାୟାଣଙ୍କ ପତ୍ନୀ ବୋଲି କୁହାଯିବ । ରାୟାଣ ହେଉଛି ମୋର ଏକ ଅଂଶ । ରାଧା ରୂପରେ ତୁମର ମୋର ପ୍ରିୟା ହୋଇ ରହିବ ଏବଂ କିଛି ସମୟ ପାଇଁ ଆମ ମଧ୍ୟରେ ବିଚ୍ଛେଦ ହେବ। ସୁଦାମାଙ୍କ ଅଭିଶାପରେ ଗୋକୁଳରେ ଦେବୀ ରାଧା କୀର୍ତି ଏବଂ ବୃଷଭାନୁଙ୍କୁ କନ୍ୟା ରୂପରେ ଜନ୍ମଗ୍ରହଣ କଲେ ।

## ଏକାଧିକ ବିବାହ କରନ୍ତି ଖାସି ସମ୍ପ୍ରଦାୟର ମହିଳା



ବିଶ୍ୱର ବିଭିନ୍ନ ଦେଶରେ ଭଳିକିଭଳି ଆଦିବାସୀ ଅଛନ୍ତି । ସେମାନଙ୍କ ସଂସ୍କୃତି ଓ ପରମ୍ପରା କୌଣସି ରହସ୍ୟଠାରୁ କିଛି କମ୍ ନୁହେଁ । ମେଘାଳୟରେ ରହୁଥିବା ଖାସି ସମ୍ପ୍ରଦାୟର ମହିଳାଙ୍କ ହାତରେ ପରିବାରର ଦାୟିତ୍ୱ ନ୍ୟସ୍ତ ହୋଇଥାଏ । ଏହି ସମ୍ପ୍ରଦାୟର ପୁରୁଷମାନେ ବିବାହ ପରେ ଶ୍ୱଶୁର ଘରେ ଯାଇ ରୁହନ୍ତି । ଏଠାରେ ପୁରୁଷମାନଙ୍କୁ ଘରର ସବୁକାମ କରିବାକୁ ହୋଇଥାଏ। ବାହାରର ସବୁ କାମ ମହିଳା କରନ୍ତି । ମେଘାଳୟରେ ଥିବା ବଜାରଗୁଡ଼ିକର ଦୋକାନରେ ମହିଳା କାମ କରନ୍ତି। ଖାସି ସମ୍ପ୍ରଦାୟରେ ଘରର ସାନ ଝିଅକୁ ସବୁଠୁ ଅଧିକ ସମ୍ପତି ମିଳିଥାଏ । ଏହି କାରଣରୁ ଘରର ସାନଝିଅ ମାତା-ପିତା, ଅବିବାହିତା ପୁଅ-ଝିଅଙ୍କର ଦେଖାଶୁଣା କରିଥାଏ। ଏହି ସମ୍ପ୍ରଦାୟର ଛୋଟ ଝିଅମାନେ ପିଲାଦିନେ ପଶୁହାଡ଼ରେ ଖେଳନ୍ତି । ଏଗୁଡ଼ିକ ସେମାନେ ଆଭୂଷଣଭାବେ ବ୍ୟବହାର କରନ୍ତି । ଖାସି ସମ୍ପ୍ରଦାୟର ପରିବାରଗୁଡ଼ିକ ମହିଳା କୈନ୍ଦ୍ରିକ ପରିବାର । ଅନେକ ଦିନ ପୂର୍ବରୁ ଏହି ସମ୍ପ୍ରଦାୟର ପୁରୁଷମାନେ ଯୁଦ୍ଧକୁ ପଳାଇ ଯାଇଥିଲେ ଓ ମହିଳାଙ୍କୁ ଛାଡ଼ି ଦେଇ ଯାଇଥିଲେ । ଏଥିଯୋଗୁଁ ପୁଅଝିଅମାନଙ୍କୁ ଘରର ମହିଳାମାନେ ସେମାନଙ୍କ ଉପନାମ ଦେଉଥିଲେ । ସେହିଭଳି ଖାସି ମହିଳାଙ୍କର ଅନେକ ଜୀବନସାଥୀ ଥାଏ । ତେଣୁ ପିଲାମାନଙ୍କୁ ମହିଳାମାନେ ସେମାନଙ୍କର ଉପନାମ ଦେଉଥିଲେ । ଏହି ସମ୍ପ୍ରଦାୟରେ କନ୍ୟା ସନ୍ତାନ ଜନ୍ମନେଲେ ମହିଳାମାନେ ଖୁସି ମନାନ୍ତି ।

## ଖାଦ୍ୟରେ ଟଏଲେଟ୍ ବ୍ରସ୍

ବ୍ରିଟେନ୍‌ରେ ରହୁଥିବା ଦୁଇବର୍ଷର ଲିଲି ନାମକ ଏକ ଛୋଟ ଝିଅ । ଯିଏ ଏକ ଭିନ୍ନ ଅଭ୍ୟାସରେ ପଡିଯାଇଛି । ତାକୁ ସାମାନ୍ୟ ଦ୍ରବ୍ୟ ଖାଇବାର ରୁଚି ବହୁତ କମ୍ ଥାଏ। ଡାକ୍ତରଙ୍କ ମତ ଅନୁସାରେ ଲିଲି ପିକା ନାମକ ଏକ ରୋଗରେ ପୀଡିତ । ଏହି ରୋଗ କାରଣରୁ ଲିଲିକୁ ଟଏଲେଟ୍ ସଫା କରାଯାଉଥିବା ବ୍ରସ୍ ଏବଂ କପଡା ଖାଇବାର ଅଭ୍ୟାସ ରହିଛି । ଡାକ୍ତର ମଧ ଲିଲିର ଏପରି ବ୍ୟବହାରରେ ଆଶ୍ଚର୍ଯ୍ୟ ହୋଇଯାଇଛନ୍ତି । କେତେବେଳେ ଲିଲି କାହାର ନଜର ଆଢୁଆଳରୁ ଖସିଯିବାରେ ସଫଳ ହୋଇଛି । ଏହାପରେ ସେ ସିଧା ବାଥ୍‌ରୁମ୍ ଭିତରେ ପସିଯାଏ ଏବଂ ସେଠାରେ ରଖାଯାଇଥିବା କପଡା ଏବଂ ଟଏଲେଟ୍ ବ୍ରସ୍‌କୁ ଖାଇବା ଆରମ୍ଭ କରିଦେଇଥାଏ ।

## ଓଲଟା ଚାଲିବାର ଅଭ୍ୟାସ



ଦୁନିଆରେ ଭିନ୍ନ ଭିନ୍ନ କାହାଣୀ ବହନ କରୁଥିବା ଲୋକ ବାସବାସ କରନ୍ତି। ଏବେ ଦେଖନ୍ତୁ ତାମିଲ୍‌ନାଡୁର ତ୍ରିପୁରାରେ ରହୁଥିବା ମଣିମଣିଥନ୍ ଯିଏ ଓଲଟା ଚାଲିଥାନ୍ତି। ୧୯୮୯ରେ ଦେଶଯାକରେ ସୃଷ୍ଟି ହୋଇଥିବା ଆତଙ୍କ ଘଟଣାରେ ଆହତ ହୋଇଥିଲେ ତ୍ରିପୁରାର ମଣିମଣିଥନ୍। ବିଶ୍ୱଶାନ୍ତି ପ୍ରତିଷ୍ଠା ପାଇଁ ଓଲଟା ଚାଲିବା ତାଙ୍କର ଏକ ଅଭିନବ ପ୍ରୟାସ ବୋଲି ମଣି କହନ୍ତି। ଦୀର୍ଘ ୨୬ବର୍ଷ କାଳ ଏଭଳି ଅଜବ୍ ଢ଼ଙ୍ଗରେ ଚାଲିବା ଅଭ୍ୟାସ ଜାରି ରଖିଛନ୍ତି। ତେବେ ଚାଲିବା ସମୟରେ ତାଙ୍କୁ ସଡକ ପାର କରିବାକୁ ପଡୁ କି ସିଡି ଚଢିବାକୁ ହେଉ ସେ ସଦାସର୍ବଦା ଓଲଟା ହିଁ ଚାଲିଥାନ୍ତି। ଫଳରେ ସିଧା ଚାଲିବା ସେ ସମ୍ପୂର୍ଣ୍ଣ ରୂପେ ଭୁଲି ଗଲେଣି ଏବଂ ଓଲଟା ଚାଲିବା ନିତିଦିନିଆ ଅଭ୍ୟାସରେ ପରିଣତ ହୋଇଗଲାଣି।

## ଆଜିର ଭାଗ୍ୟ


ମେଷ
ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।


ବୃଷ
ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।


ମିଥୁନ
ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ ଲାଭରୁ ଖୁସି ହେବେ।


କର୍କଟ
ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।


ସିଂହ
ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ସାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।


କନ୍ୟା
ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।


ତୁଳା
ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।


ବିଛା
ଚୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।


ଧନୁ
ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ୍ୟ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।


ମକର
କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।


କୁମ୍ଭ
ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।


ମୀନ
ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।




# ଓଡ଼ିଶାର ମ  ନାଟକ, ସଙ୍ଗୀତ, ନୃତ୍ୟର ବିକାଶରେ କବିଚନ୍ଦ୍ରଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ

ଭୁବନେଶ୍ୱର (ପିଏନ୍): କବିଚନ୍ଦ୍ର କାଳୀଚରଣ ପଟ୍ଟନାୟକଙ୍କ ଉଦ୍ୟମରୁ ଓଡ଼ିଶୀ ନୃତ୍ୟ ଶାସ୍ତ୍ରୀୟ ମର୍ଯ୍ୟାଦା ପାଇବା ସହ ଓଡ଼ିଶାର ରାସ, ମ  ନାଟକ, ନୃତ୍ୟ ଓ ସଙ୍ଗୀତର ସାମଗ୍ରିକ ବିକାଶ ହେବା ସହ ରାଜ୍ୟର କଳା କ୍ଷେତ୍ରରେ ଉଲ୍ଲେଖନୀୟ ପ୍ରଗତି ସାଧିତ ହୋଇଛି ବୋଲି ଓଡ଼ିଆ ଭାଷା ସାହିତ୍ୟ ଓ ସଂସ୍କୃତି ବିଭାଗ ପକ୍ଷରୁ ଅନୁଶାସନ ସଚିବ ଲକ୍ଷ୍ମୀଧର ବେହେରାଙ୍କ ସଂଯୋଜନାରେ ଭୁବନେଶ୍ୱର ଉତ୍କଳ ସଙ୍ଗୀତ ମହାବିଦ୍ୟାଳୟ ପରିସରରେ କବିଚନ୍ଦ୍ରଙ୍କ ପ୍ରତିମୂ ର୍ିସ୍ଥଳୀରେ ଆୟୋଜିତ ୪୪ତମ ଶ୍ରାଦ୍ଧୋତ୍ସବରେ ବିଭିନ୍ନ ବର୍ଗର ବ୍ୟକ୍ତିବିଶେଷ ଯୋଗଦେଇ ତାଙ୍କ ପ୍ରତିମୂ ର୍ିରେ ମାଲ୍ୟାର୍ପଣ ସହ ଦୀପଦାନ କରି ଶ୍ରଦ୍ଧାଞ୍ଜଳି ଅର୍ପଣ କରିବା ଅବସରରେ ମତବ୍ୟକ୍ତ କରିଛନ୍ତି। ଏହି କାର୍ଯ୍ୟକ୍ରମରେ ବିଧାୟକ ପ୍ରଫୁଲ୍ଲ ସାମଲ, ପୂର୍ବତନ ବିଧାୟକ ପ୍ରଭାତ କୁମାର ତ୍ରିପାଠୀ, ବାଙ୍କୀ-ଡମପଡ଼ା ବ୍ଲକ୍ ଅଧ୍ୟକ୍ଷ ପ୍ରଣବ କୁମାର ପଟେଲ, ଗାୟକ ଆହ୍ଲାଦ ସୁରେନ୍ଦ୍ରନାଥ ଛୋଟରାୟ, ଗାନ୍ଧିବାଦୀ ଅଧାପକ ଉପେନ୍ଦ୍ର ପାଢ଼ୀ, ଯୁବନେତା ରବି ସାମଲ, ବିକାଶ ଗିରି, ସତ୍ୟବ୍ରତ ଜେନା, ଅଧ୍ୟାପକ ରମେଶ ଚନ୍ଦ୍ର ପାତାଳସିଂହ, ଗିରିଜା ମହାପାତ୍ର ପ୍ରମୁଖ ନିଜ ବକ୍ତବ୍ୟରେ ବାଙ୍କୀ ମାଟିର ଯୋଗ୍ୟ ଦାୟାଦ କଳାକୁ ଜୀବନସାଥୀ ଭାବରେ ଗ୍ରହଣ କରି ଅବିବାହିତ ରହି ରାଜ୍ୟର କଳା, ସାହିତ୍ୟ ଓ ସଂସ୍କୃତିର ବିକାଶ ପାଇଁ କାର୍ଯ୍ୟ କରିଥିଲେ ବୋଲି ପ୍ରକାଶ କରିଥିଲେ। ଓଡ଼ିଶାର ମ  ନାଟକର ବିକାଶ ପାଇଁ ନିଜେ ନାଟକ ରଚନା କରିବା ସହ ନିର୍ଦ୍ଦେଶନା ଦେଇ ତାହାକୁ ଓଡ଼ିଶା ଥିଏଟର ମାଧ୍ୟମରେ ପରିବେଷଣ କରିଥିଲେ। ଏହାପରେ ଗଜପତିଙ୍କ ନିମନ୍ତ୍ରଣ ପାଇ ପୁରୀରେ ରାସ ଓ ନାଟକର ବିକାଶ ପାଇଁ କାର୍ଯ୍ୟ କରିଥିଲେ। ଗଜପତି ତାଙ୍କୁ କବିଚନ୍ଦ୍ର ଉପାଧିରେ ସମ୍ମାନିତ କରିଥିଲେ। ଏହାପରେ ଗଜପତିଙ୍କ ଦରବାର ଛାଡ଼ି ପୁରୀ ଓ ସାକ୍ଷୀଗୋପାଳରେ ନୃତ୍ୟଦଳ ଗଠନ କରି ସମଗ୍ର ରାଜ୍ୟରେ ନୃତ୍ୟ ପରିବେଷଣ କରୁଥିଲେ। ଓଡ଼ିଶୀ ନୃତ୍ୟକୁ ଶାସ୍ତ୍ରୀୟ ମାନ୍ୟତା ଦେବାରେ ତାଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ। ଅଗଣିତ ନାଟକ, କାବ୍ୟ, କବିତା ରଚନା କରି ରାଜ୍ୟର ବାଣୀଭଣ୍ଡାରକୁ ସମୃଦ୍ଧ କରିଛନ୍ତି। 'ଭାତ' ନାଟକ ସହ 'ଶ୍ରୀଜୟଦେବ ଓ ଗୀତଗୋବିନ୍ଦ' ତାଙ୍କର ଅମୂଲ୍ୟ କୀ ର୍ି। ତାଙ୍କ ଆଦର୍ଶରେ ଯୁବକଳାକାର ଅନୁପ୍ରାଣିତ ହେଲେ ରାଜ୍ୟର କଳା ସମୃଦ୍ଧ ହୋଇପାରିବ। ଗାୟକ ଆହ୍ଲାଦ ସୁରେନ୍ଦ୍ରନାଥ ଛୋଟରାୟ ଓ ଉପେନ୍ଦ୍ର ପାଢ଼ିଙ୍କ ଜନ୍ମଦିନ ଅବସରରେ ତାଙ୍କୁ ଜନ୍ମଦିନ ଅଭିନନ୍ଦନ ଜଣାଇ ସମ୍ମାନିତ କରାଯିବା ସହ ବାଙ୍କୀବାସୀଙ୍କ ପକ୍ଷରୁ ଉପସ୍ଥିତ ସମସ୍ତ ବ୍ୟକ୍ତିବିଶେଷଙ୍କୁ ଉ  ରୀୟ ପ୍ରଦାନ କରାଯାଇଥିଲା। ଗାୟକ ଆହ୍ଲାଦ ସୁରେନ୍ଦ୍ରନାଥ ଛୋଟରାୟଙ୍କ ଲିଖିତ ପୁସ୍ତକ 'ସହଜ ପ୍ରାଣାୟମ ଓ ଯୋଗାସନ' ପୁସ୍ତକ ଉନ୍ମୋଚିତ ହୋଇଥିଲା।

# ମହାକାଳପଡ଼ା ବୃହତ ପାନୀୟ ଜଳ ପ୍ରକଳ୍ପ ସମ୍ପର୍କରେ ସମୀକ୍ଷା ବୈଠକ



କେନ୍ଦ୍ରାପଡ଼ା (ପିଏନ୍): କେନ୍ଦ୍ରାପଡ଼ା ଜିଲ୍ଲାର ମହାକାଳପଡ଼ା ନିର୍ବାଚନମଣ୍ଡଳୀରେ ଚାଲିଥିବା ବୃହତ ପାନୀୟ ଜଳଯୋଗାଣ ପ୍ରକଳ୍ପର ଦୁଇଟି ପଏ   କରାଯାଇଛି। ଗୋଟିଏ ହେଉଛି ଦକ୍ଷିଣ ଜୋନ   ଓ ଅନ୍ୟଟି ହେଉଛି ଉ   ର ଜୋନ। ଦକ୍ଷିଣ ଜୋନଟି ମହାକାଳପଡ଼ା ବ୍ଲକରେ ରହିଥିବାବେଳେ ଉ   ର ଜୋନଟି ମାର୍ଶାଘାଇ ବ୍ଲକରେ ରହିଛି। ଦକ୍ଷିଣ ପଏ   ର କାର୍ଯ୍ୟ ପ୍ରାୟତଃ ଶେଷ ହେବା ଉପରେ। ଆସନ୍ତା ଅଗଷ୍ଟ ମାସ ୧୫ତାରିଖ ସୁଦ୍ଧା ମହାକାଳପଡ଼ା ନିର୍ବାଚନମଣ୍ଡଳୀର ଲୋକମାନଙ୍କୁ ପାନୀୟଜଳ ଯୋଗାଇଦେବା ପାଇଁ ଜିଲ୍ଲାପାଳ ଅମ୍ରିତ ଋତୁରାଜ ନିର୍ମାଣ କାର୍ଯ୍ୟ କରୁଥିବା ସଂସ୍ଥାକୁ ନିର୍ଦ୍ଦେଶ ଦେଇଛନ୍ତି। ଏହି ପ୍ରକଳ୍ପ ସମ୍ପର୍କରେ ଏକ ସମୀକ୍ଷା ବୈଠକରେ ଯୋଗଦେଇ ଜିଲ୍ଲାପାଳ ନିର୍ମାଣକାରୀ ସଂସ୍ଥାକୁ ଏଭଳି ନିର୍ଦ୍ଦେଶ ଦେଇଛନ୍ତି। ଜିଲ୍ଲାପାଳ କହିଥିଲେ ଏହି ପ୍ରକଳ୍ପ ଦ୍ୱାରା ୫୫ ହଜାର ଲୋକଙ୍କ ଘରେ ପାଇପ ଯୋଗେ ପାନୀୟ ଜଳ ପହ  ିବ। ଯାହା ଫଳରେ ଲୋକଙ୍କ ପାନୀୟ ଜଳ ସମସ୍ୟା ଦୂର ହୋଇପାରିବ। ଦକ୍ଷିଣ ଜୋନର କାର୍ଯ୍ୟ ତୁରନ୍ତ ସାରି ଲୋକଙ୍କୁ ପାନୀୟ ଜଳ ପ୍ରଦାନ କରିବା ପାଇଁ ଜିଲ୍ଲାପାଳ କହିଥିବା ବେଳେ ଉ   ର ଜୋନକୁ ମଧ୍ୟ ନିର୍ଦ୍ଧାରିତ ସମୟ ମଧ୍ୟରେ ସାରିବା ପାଇଁ ସେ କହିଥିଲେ। ଏହି ସମୀକ୍ଷା ବୈଠକରେ ବିଭାଗୀୟ ଯନ୍ତ୍ରୀ ଓ ଜିଲ୍ଲା ପ୍ରଶାସନର ଅଧିକାରୀମାନେ ଉପସ୍ଥିତ ଥିଲେ। ସୂଚନା ଥାଉକି ଏହି ପ୍ରକଳ୍ପ ହେବା ଦ୍ୱାରା ମହାକାଳପଡ଼ା ବ୍ଲକର ୨୬ଟି ପ   ାୟତ ଓ ମାର୍ଶାଘାଇ ବ୍ଲକର ୧୧ଟି ପ   ାୟତର ଲୋକେ ପାନୀୟ ଜଳ ପାଇପ ଯୋଗେ ପାଇପାରିବେ। ଫଳରେ ଗ୍ରୀଷ୍ମଋତୁରେ ଜଳକଷ୍ଟର ସମ୍ମୁଖୀନ ହେଉଥିବା ଏହି ପ   ାୟତଗୁଡ଼ିକର ଲୋକମାନଙ୍କ ପାନୀୟଜଳ ସମସ୍ୟା ରହିବ ନାହିଁ। ଦକ୍ଷିଣ ଜୋନ କାର୍ଯ୍ୟକ୍ଷମ ହେଲେ ମାର୍ଶାଘାଇ ବ୍ଲକର ୩ଟି ପ   ାୟତ ଓ ମହାକାଳପଡ଼ା ବ୍ଲକର ୯ଟି ପ   ାୟତର ଲୋକମାନେ ଉପକୃତ ହୋଇପାରିବେ।

# ସ୍କାଉଟସ୍ ଗାଇଡସ୍‌ର ୧୪୨ତମ ରାଜ୍ୟ କାର୍ଯ୍ୟକାରିଣୀ ବୈଠକ



ଭୁବନେଶ୍ୱର (ପିଏନ୍): ଓଡ଼ିଶା ରାଜ୍ୟ ଭାରତ ସ୍କାଉଟସ୍ ଏବଂ ଗାଇଡସ୍ ସଂସ୍ଥାର ୧୪୨ତମ ରାଜ୍ୟ କାର୍ଯ୍ୟକାରିଣୀ ବୈଠକ ତା୩୦.୦୭.୨୦୨୨ରିଖ ଅପରାହ୍ନ ୩ଘଟିକା ସମୟରେ ଅନଲାଇନ୍ ମାଧ୍ୟମରେ ଆୟୋଜିତ ହୋଇଥିଲା । ରାଜ୍ୟ ମୁଖ୍ୟ କମିଶନର ଡଃ. କାଳି ପ୍ରସାଦ ମିଶ୍ରଙ୍କ ପୌରୋହିତ୍ୟରେ ଆୟୋଜିତ ଉକ୍ତ ବୈଠକରେ ରାଜ୍ୟ ସମ୍ପାଦକ ଶ୍ରୀ ଶରତ ଚନ୍ଦ୍ର ପାଇକରାୟଙ୍କ ସ୍ୱାଗତ ଅଭିଭାଷଣ ପରେ ଓଡିଶାର ବିଭିନ୍ନ ଜିଲ୍ଲାର ଦିବଂଗତ ସ୍କାଉଟ୍ ଗାଇଡ୍‌ର ସଭ୍ୟସଭ୍ୟାମାନଙ୍କର ଆତ୍ମାର ସଦ୍‌ଗତି ନିମନ୍ତେ ଏକ ମିନିଟ୍ ନୀରବ ପ୍ରାର୍ଥନା କରାଯାଇଥିଲା। ବିଗତ ବର୍ଷରେ ରାଜ୍ୟ ସଂସ୍ଥା ଦ୍ୱାରା କରାଯାଇଥିବା ବିଭିନ୍ନ କାର୍ଯ୍ୟକ୍ରମଗୁଡ଼ିକର ସମୀକ୍ଷା କରାଯିବା ସଂଗେ ସଂଗେ ଆଗାମୀ ବର୍ଷରେ ହେବାକୁ ଥିବା କାର୍ଯ୍ୟକ୍ରମ ଗୁଡ଼ିକର ଆଲୋଚନା କରାଯାଇ ସର୍ବସମ୍ମତିକ୍ରମେ ଗୃହୀତ ହୋଇଥିଲା। ଏତଦ୍‌ବ୍ୟତୀତ ବିଗତ ବର୍ଷର ଆୟବ୍ୟୟ ସମୀକ୍ଷା କରାଯାଇ ଆଗାମୀ ବର୍ଷର ଆର୍ଥିକ ଖର୍ଚ୍ଚ ଅଟକଳ କମିଟି ଦ୍ୱାରା ଅନୁମୋଦନ ଲାଭ କରିଥିଲା। ଜାତୀୟ ତଥା ଅନ୍ତର୍ଜାତୀୟ ସଂଗଠନ ଦ୍ୱାରା ଯୁବପୀଢ଼ିମାନଙ୍କ ପାଇଁ ପ୍ରାୟୋଜିତ ବିଭିନ୍ନ କାର୍ଯ୍ୟକ୍ରମ ଯଥା: Sustanable Development Goal, ସ୍ୱଚ୍ଛ ଭାରତ ଅଭିଯାନ, ସର୍ଫ ସ୍ମାର୍ଟ, ଫ୍ରି ବିଙ୍ଗ୍ ମିଂ, ଷ୍ଟପ୍ ଦି ଭାଇଓଲେନ୍‌ସ୍, ମେସେଞ୍ଜର ଅଫ୍ ପିସ୍ ଏବଂ ବୃକ୍ଷରୋପଣ କାର୍ଯ୍ୟକ୍ରମଗୁଡ଼ିକରେ ରାଜ୍ୟ ବିଶେଷ ସଫଳତା ପାଇଥିବାରୁ କମିଟିରେ ଆନନ୍ଦ ପ୍ରକାଶ ପାଇଥିଲା। ଭବିଷ୍ୟତରେ ଏହାକୁ ଆହୁରି ବ୍ୟାପକ କରିବା ପାଇଁ ରାଜ୍ୟ ମୁଖ୍ୟ କମିଶନର ଡଃ. ମିଶ୍ର ସଭ୍ୟମାନଙ୍କର ସହଯୋଗ କାମନା କରିଥିଲେ। ଏହି ବୈଠକରେ ବିଭିନ୍ନ ଜିଲ୍ଲାର ଜିଲ୍ଲା ଶିକ୍ଷାଧିକାରୀମାନେ ଯୋଗଦେଇଥିଲେ । ପରିଶେଷରେ ରାଜ୍ୟ କମିଶନର (ହେଡକ୍ୱାର୍ଟର) ଶ୍ରୀ ରାଧାକାନ୍ତ ଦାସ ସମସ୍ତ ସଭ୍ୟଙ୍କୁ ଧନ୍ୟବାଦ ଅର୍ପଣ କରିବା ପରେ ସଭା ଭଙ୍ଗ କରାଯାଇଥିଲା।

# କେନ୍ଦୁଝରଗଡ ରେଳଷ୍ଟେସନରୁ ଯୁବତୀ ଉଦ୍ଧାର

କେନ୍ଦୁଝର (ପିଏନ୍): ଗତ ୨୫ ତାରିଖ ରାତିରେ ଭୁବନେଶ୍ୱରରୁ କେନ୍ଦୁଝରଗଡ ଟ୍ରେନ ରେ ଆସିଥିବା ଜଣେ ଯୁବତୀଙ୍କୁ କେନ୍ଦୁଝରଗଡ ରେଳଷ୍ଟେସନରୁ ଉଦ୍ଧାର କରାଯାଇଛି। ରାତ୍ରୀ ୯ଟା ୨୫ରେ ୧୮୪୫୬ ନଂ ଫାଷ୍ଟ ପାସେଂଜର ଟ୍ରେନ କେନ୍ଦୁଝରଗଡ ରେଳଷ୍ଟେସନରେ ପହଁଚିବା ପରେ ରେଲୱେ ପୋଲିସକୁ କିଛି ଯାତ୍ରୀ ଖବର କରିଥିଲେ। ରେଲୱେ ପୋଲିସ ଯୁବତୀଙ୍କୁ ଉଦ୍ଧାର କରି କେନ୍ଦୁଝର ଟାଉନ ପୋଲିସ ସହାୟତାରେ ବଣିଆପାଟ ସ୍ଥିତ ସ୍ୱଧାର ଗୃହରେ ରଖିଛି। ଯୁବତୀ ମାନସିକ ରୋଗରେ ଆକ୍ରାନ୍ତ ଥିବା ଆଶଙ୍କା କରାଯାଉଛି। ଏଣୁ ସେ ତାର ସଠିକ୍ ଠିକଣା କହିପାରୁନାହିଁ। ସେ ହିନ୍ଦିରେ କଥାବା ର୍ା କରୁଛି। ଯୁବତୀଙ୍କ ବୟସ ୨୫ ବର୍ଷ ହେବ ବୋଲି ଅନୁମାନ କରାଯାଉଛି। ତେବେ ଉକ୍ତ ଯୁବତୀ କେଉଁ ସ୍ଥାନରୁ ଆସିଛି ତାହାର ତଦନ୍ତ ପୋଲିସ କରୁଛି।

# ହାଟଡିହି ବ୍ଲକରେ ଜିଲ୍ଲାପାଳଙ୍କ ଅଭିଯୋଗ ଶୁଣାଣି

ହାଟଡିହି (ପିଏନ୍): କେନ୍ଦୁଝର ଜିଲ୍ଲା ହାଟଡିହି ବ୍ଲକରେ ଗତ ସୋମବାର ଦିନ ଜିଲ୍ଲାପାଳଙ୍କ ଅଭିଯୋଗ ଶୁଣାଣି ଅନୁଷ୍ଠିତ ହୋଇଯାଇଛି। ବିଡିଓ ବିଚିତ୍ରାନନ୍ଦ କରଙ୍କ ତ  ୍ୱାବଧାନରେ କେନ୍ଦୁଝର ଜିଲ୍ଲାପାଳ ଆଶିଷ ଠାକରେ ଯୋଗଦେଇ ବିଭିନ୍ନ ଅଂଚଳରୁ ଆସିଥିବା ସାଧାରଣ ଲୋକଙ୍କଠାରୁ ୧୩୦ଟି ଅଭିଯୋଗ ଗ୍ରହଣ କରିବା ପରେ ଏହାକୁ କାର୍ଯ୍ୟକାରୀ କରିବା ପାଇଁ ଉପସ୍ଥିତ ବିଭାଗୀୟ ଅଧିକାରୀଙ୍କୁ ପରାମର୍ଶ ଦେଇଥିଲେ । ଅଭିଯୋଗ ଶୁଣାଣିରେ ଶାଳଣିଆ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ହାଟଡିହି ସ୍ୱାସ୍ଥ୍ୟକେନ୍ଦ୍ରର ଅବ୍ୟବସ୍ଥା ପ୍ରସଙ୍ଗରେ ଦୀର୍ଘ ସମୟ ଧରି ସ୍ଥାନୀୟ ଅଧିବାସୀ ଜିଲ୍ଲାପାଳଙ୍କ ସହ ଆଲୋଚନା କରିଥିଲେ । ଦୀର୍ଘଦିନ ଧରି ଡାକ୍ତର ପଦବୀ ଖାଲି ପଡିଥିବାରୁ ସମଗ୍ର ହାଟଡିହି ବ୍ଲକ ଅଂଚଳରେ ସ୍ୱାସ୍ଥ୍ୟସେବା ବିପର୍ଯ୍ୟୟ ହୋଇ ପଡିଛି । ସେହିପରି ହାଟଡିହି ବ୍ଲକର ବିଭିନ୍ନ ବିଦ୍ୟାଳୟରେ ଶିକ୍ଷକ ଅଭାବର ସମସ୍ୟା ଲାଗି ରହିଥିବାରୁ ଶିକ୍ଷାଦାନରେ ଅଚଳ ଅବସ୍ଥା ସୃଷ୍ଟି ହୋଇଥିବା ଅଭିଯୋଗ ହୋଇଛି । ଏହି ଅବସରରେ ଜିଲ୍ଲାପାଳ ଶ୍ରୀଯୁକ୍ତ ଠାକରେ କେତେକ ଦିବ୍ୟାଙ୍ଗ ମାନଙ୍କୁ ତିନିଚକିଆ ଟ୍ରାୟ ସାଇକେଲ ବିତରଣ କରିଥିଲେ। ଏହି ଅଭିଯୋଗ ଶୁଣାଣିରେ କେନ୍ଦୁଝର ଏସ୍‌ପି ମିତ୍ରଭାନୁ ମହାପାତ୍ର, ଅତିରିକ୍ତ ଜିଲ୍ଲାପାଳ ସୁଷମା ବିଲୁଂ, ଆନନ୍ଦପୁର ଉପଜିଲ୍ଲାପାଳ ଅନିଲ କୁମାର ସେଠୀ, ତହସିଲଦାର ଦିଲ୍ଲୀପ କୁମାର ସାହୁ, ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ଜଗନ୍ନାଥ ମୋଦି ପ୍ରମୁଖଙ୍କ ସହ ବିଭିନ୍ନ ବିଭାଗର ଅଧିକାରୀ ମାନେ ଯୋଗ ଦେଇଥିଲେ।

# ମନରେଗା ଅର୍ଥ ଆତ୍ମସାତ୍ ଘଟଣାରେ ଲୋକାୟୁକ୍ତଙ୍କ ତଦନ୍ତ ନିର୍ଦ୍ଦେଶ

ଧର୍ମଶାଳା (ପିଏନ୍): ଧର୍ମଶାଳା ବ୍ଲକ୍ ଗଙ୍ଗାଧରପୁର ପ   ାୟତ ଇମାମ୍‌ନଗର ଗାଁରେ ମନରେଗା ଅର୍ଥ ଆତ୍ମସାତ ଘଟଣାର ୨ଦିନିଆ ତଦନ୍ତ ନିର୍ଦ୍ଦେଶ ଦେଇଛନ୍ତି ଲୋକାୟୁକ୍ତ। ଆସନ୍ତା ଅଗଷ୍ଟ ୧୬ ଓ ୧୭ତାରିଖରେ ଲୋକାୟୁକ୍ତଙ୍କ ତଦନ୍ତକାରୀ ଟିମ୍ ଧର୍ମଶାଳା ବ୍ଲକ କାର୍ଯ୍ୟାଳୟ ଓ ଘଟଣାସ୍ଥଳରେ ପହ  ି ତଦନ୍ତ କରିବ। ଏଥିରେ ଧର୍ମଶାଳା ବିଡ଼ିଓ ଉପସ୍ଥିତ ରହି ସହଯୋଗ କରିବାକୁ ଲୋକାୟୁକ୍ତ ଗତ ୨୮ତାରିଖ ପତ୍ରସଂଖ୍ୟା-ଏଲ୍‌ୱାଇ-୫୮୯୨ରେ ନିର୍ଦ୍ଦେଶ ଦେଇଛନ୍ତି। ତଦନ୍ତ ସମୟରେ ବ୍ଲକ୍‌ର ସହକାରୀ ଯନ୍ତ୍ରୀ, କନିଷ୍ଠ ଯନ୍ତ୍ରୀ, ପିଇଓ ଓ ଜିଆର୍‌ଏସ୍ ସହଯୋଗ କରିବେ। ସେହିପରି ଅଭିଯୋଗ ସ୍ଥାନ ସରକାରୀ ଜମି କିମ୍ବା ବ୍ୟକ୍ତିଗତ ଜମି ଏହାକୁ ମାପଚୁପ କରିବା ପାଇଁ ଏଠାକାର ରାଜସ୍ୱ ନିରୀକ୍ଷକ ଓ ଅମିନ ଉପସ୍ଥିତ ରହିବେ ବୋଲି ଉକ୍ତ ନିର୍ଦ୍ଦେଶନାମାରେ କୁହାଯାଇଛି। ଅଭିଯୋଗକାରୀ ସାରୋଇ ଗ୍ରାମର ସୂଚନା ଅଧିକାର କର୍ମୀ ସର୍ବେଶ୍ୱର ବେହୁରା ଲୋକାୟୁକ୍ତଙ୍କ ଅଦାଲତରେ ପହ  ି ନିଜ ପକ୍ଷ ରଖିବା ସହିତ ଅଭିଯୋଗ ସଂପର୍କୀତ କାଗଜପତ୍ର ଦାଖଲ କରିଥିବା ଜଣାପଡ଼ିଛି। ପ୍ରକାଶ ଯେ, ବନ୍ୟାପ୍ଲାବିତ ଇମାମ୍ ନଗର ଗାଁ ରାସ୍ତାର ଉଚ୍ଚତା ବଢ଼ାଇବା ପାଇଁ ମନରେଗା ଯୋଜନାରେ ୫୫୫ ମିଟର ରାସ୍ତା ମରାମତି ପାଇଁ ୨୦୨୦/୨୧ ଆର୍ଥିକ ବର୍ଷରେ ୫ ଲକ୍ଷ ଟଙ୍କା ବ୍ୟୟବରାଦ କରାଯାଇଥିଲା। ମାତ୍ର ଏହି ଗ୍ରାମର ଅକ୍ଷୟ କୁମାର ପାଳଙ୍କ ଘର ନିକଟରୁ ସୁନାକର ରାଉତଙ୍କ ଘର ପର୍ଯ୍ୟନ୍ତ ୨୮୦ ମିଟର ମାଟିରାସ୍ତା ମରାମତିରେ ୨ଲକ୍ଷ ୯୩ହଜାର ୯୧୦ଟଙ୍କା ଖର୍ଚ୍ଚ ହୋଇଥିଲା। ହେଲେ ଦାୟିତ୍ୱରେ ଥିବା ଠିକାଦାର ମାତ୍ର ୬୦ମିଟର ରାସ୍ତାକାମ କରି ୨୮୦ ମିଟର କାମ କରିଛନ୍ତି ବୋଲି କାଗଜପତ୍ର ପ୍ରସ୍ତୁତ କରି ୨ଲକ୍ଷ ୯୩ହଜାର ୯୧୦ଟଙ୍କା ଉଠାଇ ନେଇଥିବା ସୂଚନା ଅଧିକାର ଆଇନ ତଥ୍ୟରୁ ଜଣାପଡ଼ିଥିଲା । ତାହା ପୁଣି ବ୍ୟକ୍ତିଗତ ଜମିରେ ହୋଇଥିବା ଅଭିଯୋଗ ହୋଇଥିଲା। ଏନେଇ ସୂଚନା ଅଧିକାର କର୍ମୀ ଶ୍ରୀ ବେହୁରା ଲୋକାୟୁକ୍ତଙ୍କ ଦ୍ୱାରସ୍ଥ ହୋଇଥିଲେ । ଗତ ଜୁନ୍ ୨୨ତାରିଖରେ ଲୋକାୟୁକ୍ତଙ୍କ ଅଦାଲତରେ ୧୩୪/୨୦୨୨(ବି-୧)ନମ୍ବରରେ ଏକ ମାମଲା ରୁଜୁ ହୋଇଥିଲା। ଏଥିରେ ଧର୍ମଶାଳା ବିଡ଼ିଓ ଅରବିନ୍ଦ ବେହେରା ଓ ତତ୍କାଳୀନ ପିଇଓ ନିର୍ମଳ ଚନ୍ଦ୍ର ପଣ୍ଡାଙ୍କୁ ପକ୍ଷଭୁକ୍ତ କରାଯାଇଥିଲା। ଦାୟିତ୍ୱରେ ଥିବା ଠିକାଦାର ମନରେଗା ନିୟମାନୁସାରେ କାମ ନକରି ବେଆଇନ ଭାବେ ଶ୍ରମିକଙ୍କ ବଦଳରେ ଟ୍ରକ୍ ଓ ମେସିନ୍ ବ୍ୟବହାର କରିଥିଲେ। ସରକାରୀ ଜମି ବଦଳରେ ବ୍ୟକ୍ତିଗତ ଜମିରେ ମନରେଗା ଅର୍ଥ ବିନିଯୋଗ ହୋଇଥିଲା। ଏଭଳି ଏକ ସଙ୍ଗୀନ୍ ଅଭିଯୋଗର ଶୁଣାଣି କରି ଲୋକାୟୁକ୍ତ ତାଙ୍କ ନିଜସ୍ୱ ତଦନ୍ତକାରୀ ଟିମ୍‌କୁ ତଦନ୍ତ କରିବାକୁ ନିର୍ଦ୍ଦେଶ ଦେବା ଘଟଣା ସ୍ଥାନୀୟ ଅଂଚଳରେ ଚର୍ଚ୍ଚାର ବିଷୟ ପାଲଟିଛି।

# ଆଜିର ଯୁବପୀଢ଼ି ଓ ବରିଷ୍ଠ ନାଗରିକ

ଭୁବନେଶ୍ୱର(ପିଏନ୍): ଭାରତବର୍ଷର ସ୍ୱପ୍ନ, ସମ୍ଭାବନା ଓ ଭବିଷ୍ୟତ ଦେଶର ଯୁବପିଢ଼ୀଙ୍କ ଉପରେ ନ୍ୟସ୍ତ। ତେବେ ନିକଟ ଭବିଷ୍ୟତରେ ଯୁବ ଶକ୍ତି ଆମ ଦେଶର ସବୁଠାରୁ ବଡ଼ ଶକ୍ତି, ସମ୍ବଳ ଓ ସଂପଦ ହେବାକୁ ଯାଉଛି। ଏ କଥା ବିଭିନ୍ନ ସର୍ବେକ୍ଷଣ ତଥା ପରିସଂଖ୍ୟାନରୁ ସ୍ପଷ୍ଟ ହୋଇଛି। ଏବେ ଆମ ଦେଶରେ ୫୦ ପ୍ରତିଶତଙ୍କ ବୟସ ୨୫ ବର୍ଷ ତଳେ। ଦଶରୁ ଚବିଶ ବର୍ଷ ବୟସ ଗୋଷ୍ଠୀରେ ଏବେ ଅଛନ୍ତି ୩୬୫ ନିୟୁତ ଭାରତୀୟ ଯୁବକ ଯୁବତୀ। ଭାରତୀୟ ଜନ ସଂଖ୍ୟାର ୬୫ ପ୍ରତିଶତଙ୍କ ବୟସ ୩୫ ବର୍ଷ ତଳେ। ଏକ ଆକଳନରୁ ଜଣାପଡ଼ିଛି ଯେ ୨୦୨୦ ମସିହା ଶେଷବେଳକୁ ଭାରତର ଯୁବକଯୁବତୀଙ୍କ ସଂଖ୍ୟା ପୃଥିବୀର ଯେକୌଣସି ଦେଶ ତୁଳନାରେ ସର୍ବାଧିକ ଥିଲା ଏବଂ ସେଇ ସମୟରେ ଭାରତୀୟମାନଙ୍କ ହାରାହାରି ବୟସ ହୋଇଥିଲା ୨୯। ଏହା ନିଶ୍ଚିତ ଭାବେ ଆଶା ଉଦ୍ରେକକାରୀ। କାରଣ ଯଦି ମାନବ ସମ୍ବଳର ଏକ ବୃହତ୍ ଭାଗ ଯୁବଗୋଷ୍ଠୀ ହେବେ, ତେବେ ସେ ଦେଶର ପ୍ରଗତିର ସେ ଦେଶର ପ୍ରଗତିର ବେଗ ଦ୍ରୁତ ହେବା ଅନିବାର୍ଯ୍ୟ। କିନ୍ତୁ ଏ ପରିପ୍ରେକ୍ଷୀରେ ଆଉ ଏକ ପରିସଂଖ୍ୟାନ ଏହା ବି ଜଣେଇ ଦେଉଛି ଯେ ଭବିଷ୍ୟତର ଯୁବ ଉନ୍ମାଦନା ପରିଚାଳିତ ଭାରତରେ ଏକ ଅଦୃଶ୍ୟ କ୍ଷତ ଭାରତୀୟ ସମାଜକୁ ଯନ୍ତ୍ରଣା ଜର୍ଜରିତ କରୁଥିବ, କିନ୍ତୁ ଅଦୃଶ୍ୟ ହୋଇଥିବା ହେତୁ ତାହା ବାହାରକୁ ଜଣାପଡୁ ନଥିବ। ସେ କ୍ଷତଟି ହେଲା ବରିଷ୍ଠ ନାଗରିକଙ୍କ ସଂଖ୍ୟା ବୃଦ୍ଧି ସହିତ ସେମାନଙ୍କ ଦୟନୀୟସ୍ଥିତି। ବିଭିନ୍ନ ପରିସଂଖ୍ୟାନରୁ ଜଣାପଡ଼ିଛି ଯେ ୬୦ ବର୍ଷ ବୟସରୁ ଅଧିକ ବୟସ ବର୍ଗର ଭାରତୀୟଙ୍କ ସଂଖ୍ୟା ଏବେ ୧୦୪ ନିୟୁତ। କିନ୍ତୁ ଉଦ୍‌ବେଗର କଥା ହେଲା ୨୦୦୬ରୁ ୨୦୫୦ ଭିତର ଅବଧିରେ ଭାରତୀୟ ଜନସଂଖ୍ୟାରେ ୪୦ ପ୍ରତିଶତ ବୃଦ୍ଧି ଦେଖାଦେବାର ସମ୍ଭାବନା ଥିବାବେଳେ ୬୦ବର୍ଷ ବୟସରୁ ଅଧିକ ବୟସ ବର୍ଗର ଲୋକମାନଙ୍କ ସଂଖ୍ୟାରେ କଳ୍ପନାନୀତ ଭାବେ ୨୭୦ ପ୍ରତିଶତ ବୃଦ୍ଧି ଘଟିଥିବ। ଜାତିସଂଘର ଜନସଂଖ୍ୟା ଡିଭିଜନ ସୂତ୍ରରୁ ପ୍ରକାଶ ଯେ ୨୦୫୦ ବେଳକୁ ଭାରତରେ ୮୦ ବର୍ଷରୁ ଅଧିକ ବୟସର ଲୋକଙ୍କ ସଂଖ୍ୟା ହୋଇଥିବ ୪୮ ନିୟୁତ ଏବଂ ୬୦ବର୍ଷ ବୟସରୁ ଅଧିକ ବୟସ ବର୍ଗର ଲୋକଙ୍କ ସଂଖ୍ୟା ହୋଇଥିବ ୩୨୪ ନିୟୁତ। ଏଇ ବୟସ ବର୍ଗର ଲୋକଙ୍କ ଭିତରୁ ଅସଂଖ୍ୟ ବେଶ୍ ସମର୍ଥ ହୋଇଥିବା ସତ୍ତ୍ୱେ କାର୍ଯ୍ୟରୁ ଅବସର ନେବାକୁ ବାଧ୍ୟ ହୋଇଥିବେ ଏବଂ ନିଜ ନିଜ ଘର ଭିତରକୁ ଅପସରି ଯାଇଥିବେ। ବିଭିନ୍ନ କାର୍ଯ୍ୟ କରିବାକୁ ଯୋଗ୍ୟ ହୋଇଥିବା ସତ୍ତ୍ୱେ ସେମାନେ ସୀମାନ୍ତରିତ ହୋଇଯାଇ ଥିବେ। ଜଣାଯାଇଛି ଯେ ଏବେ ଅବସର ନେଉଥିବା ଲୋକଙ୍କ ଭିତରେ ୯୨ ପ୍ରତିଶତ ପେନ୍‌ସନ ପାଆନ୍ତି ନାହିଁ ଏବଂ ୯୦ ପ୍ରତିଶତ ସ୍ୱାସ୍ଥ୍ୟ ସୁରକ୍ଷା ଯୋଜନା ଭିତରେ ଅନ୍ତର୍ଭୁକ୍ତ ନୁହନ୍ତି। ପୃଥିବୀଟା ଯୁବକମାନଙ୍କର ବୋଲି କୁହାଯାଏ। କାରଣ ଯୁବକମାନେ ହିଁ ଏ ଜଗତର ନାନା କାରବାର ଚଳାନ୍ତି। କିନ୍ତୁ କ୍ରମେ ଯେଉଁ ବିଡ଼ମ୍ବିତ ସମୟଟି ଆସିବାକୁ ଯାଉଛି ସେଥିରେ ଦେଖାଯିବ ଯେ ବରିଷ୍ଠ ନାଗରିକମାନେ ଶିକ୍ଷାଦୀକ୍ଷାର ପ୍ରଭାବରୁ, ଖାଦ୍ୟପେୟ ତଥା ଉନ୍ନତ ଚିକିତ୍ସା ସେବାର ପ୍ରସାଦରୁ ଅଧିକ ସକ୍ରିୟ ତଥା ଯୁବକସୁଲଭ ହୋଇପାରିଥିଲେ ମଧ୍ୟ ସେମାନେ ନିଃସଙ୍ଗ ଏବଂ କର୍ମହୀନ ଜୀବନ ଜିଇବାକୁ ବାଧ୍ୟ ହେବେ। ଉଭୟ କେନ୍ଦ୍ର ଓ ରାଜ୍ୟ ସରକାର ଆମ ସମୟର ବରିଷ୍ଠ ନାଗରିକଙ୍କ ଉନ୍ନତିକଳ୍ପେ ଅନେକ ଯୋଜନା ଓ ପ୍ରକଳ୍ପ ହାତକୁ ନେଇଛନ୍ତି। ବିଶେଷକରି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ବରିଷ୍ଠ ନାଗରିକଙ୍କ ଧନଜୀବନ ଓ ସ୍ୱାସ୍ଥ୍ୟ ସୁରକ୍ଷାକୁ ଲକ୍ଷ୍ୟ କରି ସ୍ୱତନ୍ତ୍ର ଭାବେ କିଛି କେନ୍ଦ୍ରୀୟ ଯୋଜନା ହାତକୁ ନେଇଛନ୍ତି ଯାହାକି ପରିଣତ ବୟସରେ ପହଞ୍ଚିଥିବା ଜଣେ ଲୋକଟି ପାଇଁ ଆଶା ସଞ୍ଜିବନୀ ସଦୃଶ। ଓଡ଼ିଶା ସରକାର ଆଉ ପାଦେ

# ଯୁବମାରଣ ନୀତି ବିରୋଧରେ ଯୁବ କଂଗ୍ରେସର ଯୁବ ସମ୍ପର୍କ ପଦଯାତ୍ରା




ଭୁବନେଶ୍ୱର (ପିଏନ୍): ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ପକ୍ଷରୁ ରାଜ୍ୟ ସଭାପତି ଡ଼ଃ ସ୍ମୃତିରଂଜନ ଲେଙ୍କାଙ୍କ ନେତୃତ୍ୱରେ ୨୯ ତାରିଖ ଶୁକ୍ରବାର ମାଲକାନଗିରିଠାରୁ ଆରମ୍ଭ ହୋଇଛି ରାଜ୍ୟବ୍ୟାପୀ ଯୁବ ସମ୍ପର୍କ ପଦଯାତ୍ରା। ଶନିବାର ଏହି ପଦଯାତ୍ରା କୋରାପୁଟର ଜୟପୁରଠାରେ ପହଂଚିଛି। ଦେଶ ସ୍ୱାଧୀନତାର ୭୫ତମ ବର୍ଷ ପୂର୍ତ୍ତି ଅବସରରେ ଦେଶର ତଥା ରାଜ୍ୟର ଯୁବପିଢ଼ୀମାନଙ୍କୁ ଉଭୟ କେନ୍ଦ୍ର ବିଜେପି ଓ ରାଜ୍ୟ ବିଜେଡି ସରକାରର ଯୁବମାରଣ ନୀତି ବିରୋଧରେ ସଚେତନ କରିବା ଲକ୍ଷ୍ୟରେ ଆରମ୍ଭ ହୋଇଛି ଏହି ପଦଯାତ୍ରା। ରାଜ୍ୟର ସମସ୍ତ ଜିଲ୍ଲାକୁ ଯାତ୍ରା କରି ଯୁବ ପିଢ଼ୀମାନଙ୍କୁ ସଚେତନ କରିବା ସହ କଂଗ୍ରେସ ଦଳର ବିଚାରଧାରାକୁ ଯୁବପିଢ଼ୀଙ୍କ ନିକଟରେ ପହଂଚାଇବା ପାଇଁ 'ୟୁଥ୍ ଯୋଡୋ, ବୁଥ୍ ଯୋଡୋ' କାର୍ଯ୍ୟକ୍ରମକୁ ମଧ୍ୟ ହାତକୁ ନିଆଯାଇଛି। କେନ୍ଦ୍ର ସରକାରଙ୍କ ଅଗ୍ନିପଥ ଯୋଜନା କିଭଳି ଯୁବପିଢ଼ୀଙ୍କ ଭବିଷ୍ୟତ ନଷ୍ଟ କରିବା ସହ ଦେଶର ସୁରକ୍ଷା ପ୍ରତି ବିପଦ ସୃଷ୍ଟି କରିବ, ସେ ସମ୍ପର୍କରେ ଜନଜାଗରଣ ମଧ୍ୟ ରାଜ୍ୟବ୍ୟାପୀ କରାଯିବ ବୋଲି ଓଡିଶା ପ୍ରଦେଶ ଯୁବ କଂଗ୍ରେସ ସଭାପତି ଡଃ ସ୍ମୃତିରଂଜନ ଲେଙ୍କା ପ୍ରକାଶ କରିଛନ୍ତି। ଉଭୟ କେନ୍ଦ୍ର ବିଜେପି ଓ ରାଜ୍ୟ ବିଜେଡି ସରକାର ଯୁବପିଢ଼ିମାନଙ୍କୁ ପ୍ରତାରିତ କରିଛି। ରାଜ୍ୟରେ ୨୨ ବର୍ଷର ବିଜୁ ଜନତା ଦଳର ସରକାର ସମୟରେ ଶିକ୍ଷିତ ଯୁବକଯୁବତୀମାନଙ୍କୁ ସ୍ଥାୟୀ ନିଯୁକ୍ତି ନଦେଇ ଚୁକ୍ତିଭିତିକ ନିଯୁକ୍ତି ଦେଇ ଠିକା ଶ୍ରମିକ ଭାବେ ନିୟୋଜିତ କରୁଛି। ଏ ସବୁକୁ ଦୃଢ଼ ଭାବେ ନିନ୍ଦା କରିବା ସହ ତୁରନ୍ତ ଚୁକ୍ତିଭିତିକ ନିଯୁକ୍ତି ପ୍ରତ୍ୟାହାର କରିବାକୁ ଦୃଢ଼ ଦାବି ଜଣାଇଛି ଯୁବ କଂଗ୍ରେସ। ଏହାବ୍ୟତୀତ ରାଜ୍ୟରେ ସରକାରୀ ନିଯୁକ୍ତି ବୟସ ସୀମା ୩୨ ବର୍ଷରୁ ୪୨ ବର୍ଷକୁ ବୃଦ୍ଧି କରି ସମ୍ପୂର୍ଣ୍ଣଭାବେ ଏହାକୁ କାର୍ଯ୍ୟକାରୀ କରିବାକୁ ଯୁବ କଂଗ୍ରେସ ଦାବି କରିଛି। ରାଜ୍ୟ କଂଗ୍ରେସ ପୁଣି ଥରେ ନିଜର ସତାକୁ ଫେରିବା ଲକ୍ଷ୍ୟ ରଖି ଆରମ୍ଭ କରିଥିବା ମିଶନ ୯ରୁ ୯୦କୁ ସଫଳ କରିବା ପାଇଁ ଯୁବ କଂଗ୍ରେସ ଏହି ମିଶନ୍‌ର ସାରଥି ହେବ ବୋଲି ଡଃ ଲେଙ୍କା ପ୍ରକାଶ କରିଛନ୍ତି। ରାଜ୍ୟରେ ବିଜେଡିର ଏକଚ୍ଛତ୍ରବାଦ ଶାସନର ଅନ୍ତ କରିବା ପାଇଁ ଯୁବପିଢ଼ୀମାନଙ୍କୁ ଏବେଠାରୁ ସଜାଗ କରୁଛି ଯୁବ କଂଗ୍ରେସ। ଯୁବ କଂଗ୍ରେସ ପକ୍ଷରୁ ଏକ ବିରାଟ ପରିବର୍ତ୍ତନ ଲକ୍ଷ୍ୟରେ ହୋଇଥିବା ଏହି ପଦଯାତ୍ରାରେ ଅଖିଳ ଭାରତୀୟ ଯୁବ କଂଗ୍ରେସର ରାଷ୍ଟ୍ରୀୟ ସମ୍ପାଦକ ତଥା ରାଜ୍ୟ ଯୁବ କଂଗ୍ରେସ ପ୍ରଭାରୀ ଶେଷ ନାରାୟଣ ଓଝା, ସହ ପ୍ରଭାରୀ ଅଭିନବ ସିଦ୍ଧାର୍ଥ ଭଗତଙ୍କ ସହ କୋରାପୁଟ ଜିଲ୍ଲା ଯୁବ କଂଗ୍ରେସ ସଭାପତି ସୁକାନ୍ତ ପଟ୍ଟନାୟକ, ରାଜ୍ୟ ସାଧାରଣ ସମ୍ପାଦକ ତ୍ରିଲୋଚନ ପାଣିଗ୍ରାହୀ, ଜ୍ଞାନରଂଜନ ରାଉତ, ସମ୍ପାଦକ ବିଶ୍ୱଜିତ ଲେଙ୍କା, ରମେଶ ଖରା ଓ ରାଉରକେଲା ଜିଲ୍ଲା ଯୁବ କଂଗ୍ରେସ ସଭାପତି ଜ୍ଞାନେନ୍ଦ୍ର ଦାସ ପ୍ରମୁଖ ଯୋଗ ଦେଇଥିଲେ।


## DISPLAY CLASSIFIED

**FOR ADVERTISEMENT CONTACT**

Phone No. (0674) 2555116/9853400829

Fax: (0674) 2550504

E-mail : paryabekhyak@gmail.com

editorpbkc@gmail.com

TARIFF: 10c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

**VED BHAWAN**
Creating Peace, Progress & Prosperity

For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.

DO YOU NEED PUNDITS / ASTROLOGERS / VASTU EXPERTS ?

Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

**ADMISSION ON**

MPS PLAY HOME
Where awareness nurtured, innocence blossoms.

For
PRE-NURSERY, NURSERY, L.KG. & U.KG.

N-3B-14/15, Ekamra Kanan Road, Nayapalli, BBSR
Tel (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Phagyan Communication

Mahaditya Publication

**ADMISSION ON**

MAHARISHI PUBLIC SCHOOL
your gateway to complete education

For
PRE-NURSERY, NURSERY, L.KG., U.KG., Std-1 to Std-VIII

Baghra Road, Baripada
Tel-06792-255227

Email : maharishipublicschool@yahoo.com
Web : www.maharishipublicschool.com




# ରାସ୍ତାରେ ହେଲା ପ୍ରସବ; ଶିଶୁପୁତ୍ରର ମୃତ୍ୟୁ ପ୍ରସୂତୀଙ୍କୁ ମିଳିଲାନି ଚିକିତ୍ସା

## ଟାଟାଷ୍ଟିଲ ଭୁଲିଗଲା ମାନବିକତା



ଯୋଡ଼ା (ପିଏନ)-କେନ୍ଦୁଝର ଜିଲ୍ଲା ଯୋଡା ପୌରପାଳିକା ୯ ୱାର୍ଡ ଗୋପ ହଟିଂ ସ୍ଥିତ ମଙ୍ଗଳାମନ୍ଦିର ନିକଟ ରାସ୍ତାରେ ଜନ୍ମ ହୋଇଛି ଏକ ଶିଶୁପୁତ୍ର । ଭୂମିଷ୍ଠ ହେବା ପରେ ଶିଶୁପୁତ୍ରଟିର ମୃତ୍ୟୁ ହୋଇଯାଇଥିବା ଖବର ହସ୍ତଗତ ହୋଇଛି । ଏହି ଅଭାବନୀୟ ଘଟଣା ଦେଖିବାକୁ ମିଳିଛି ସର୍ବାଧିକ ଖଣି ରାଜସ୍ୱ ଦେଉଥିବା ଖଣି ଉପତ୍ୟକା ଯୋଡା ସହରରେ । ପ୍ରତ୍ୟେକ୍ଷ ସୂତ୍ରରୁ ପ୍ରକାଶ ଯେ ସୋମବାର ରାତ୍ର ପ୍ରାୟ ସାଢେ ୧୦ଟା ସମୟରେ ଜଳହରୀ ପ ାୟତ ଅଧୀନରେ ଆଇଟିସି କଲୋନୀ ନିବାସୀ କପିଳାସ ନାଏକ ତାଙ୍କ ପତ୍ନୀ ସୁକମତୀ ପୂ ର୍ତ୍ତି ଏବଂ ତାଙ୍କ ଶାଶୁ ଘାସ ନାଏକ ସୁକୁମତୀଙ୍କୁ ଦୁଇ କାନ୍ଧର ସାହାରାରେ ମଙ୍ଗଳାମନ୍ଦିର ରାସ୍ତା ଦେଇ ସରକାରୀ ଡାକ୍ତରଖାନାକୁ ନେଉଥିବା ବେଳେ ପ୍ରସବ ବେଦନା ସହିନପାରି ସୁକୁମତୀ ରାସ୍ତାରେ ଉପରେ ଶିଶୁପୁତ୍ରକୁ ଜନ୍ମ ଦେଇଥିଲେ । ହେଲେ ଶିଶୁପୁତ୍ରଟିର କିଛିକ୍ଷଣ ପରେ ମୃତ୍ୟୁ ଘଟିଥିଲା । ପ୍ରସବ ବେଦନାର ଚିତ୍କାର ଏବଂ ମୃତ ଶିଶୁପୁତ୍ରର ଦୁଃଖରେ ମ୍ରିୟମାଣ ମୃତ ଶିଶୁର ମା'ଙ୍କର କ୍ରନ୍ଦନ ବସ୍ତିବାସିନ୍ଦାଙ୍କ ନିଦ ହଜାଇ ଦେଇଥିଲା । ଏସମ୍ପର୍କରେ ବିଦ୍ଧିବଦ୍ଧ ଭାବେ ସୁକୁମତୀଙ୍କ ସ୍ୱାମୀ କପିଳାସଙ୍କ ଠାରୁ ଜାଣିବାକୁ ମିଳିଥିଲା ଯେ ସୋମବାର ଅପରାହ୍ନ ୨ଟା ବେଳେ ସେ ଓ ତାଙ୍କ ପରିବାର ସୁକୁମତୀଙ୍କୁ ପ୍ରସବ ପାଇ ଯୋଡା ସ୍ଥିତ ସରକାରୀ ଡାକ୍ତରଖାନାରେ ଭ ର୍ତ୍ତି କରିଥିଲେ । ସେଠାରେ ତାଙ୍କର ଅବସ୍ଥା ଜଟିଳ ଥିବାରୁ ତାଙ୍କୁ ଡାକ୍ତରଖାନା ପକ୍ଷରୁ କେନ୍ଦୁଝର କିମ୍ବା ଚମ୍ପୁଆ ନେବା ପାଇଁ କୁହାଯାଇଥିଲେ ହେଁ ସମ୍ବଳ ଅଭାବରୁ ସେ ଟାଟା କମ୍ପାନୀ ଡାକ୍ତରଖାନାକୁ ନେଇଯାଇଥିଲେ । ସେଠାରେ ତାଙ୍କୁ ଚିକିତ୍ସା କରାଯିବା ପରିବର୍ତ୍ତେ କେବଳ କୋଭିଡ ଟେଷ୍ଟ କରାଇ କୌଣସି ରିପୋର୍ଟ ନଦେଇ ତାଙ୍କୁ ପୁନଃ ସରକାରୀ ଡାକ୍ତରଖାନାକୁ ପଠାଇ ଦିଆଯାଇଥିଲା । ସେଠାରୁ ସରକାରୀ ଡାକ୍ତରଖାନାକୁ ଆସିବା ପାଇଁ କୌଣସି ଗାଡି କିମ୍ବା ଆମ୍ବୁଲାନ୍ସର ସୁବିଧା ନମିଳିବାରୁ ଶେଷରେ ସୁକୁମତୀ ପୂ ର୍ତ୍ତିଙ୍କ ସ୍ୱାମୀ ଓ ଶାଶୁ ଦୁଇ କାନ୍ଧରେ ଆଶ୍ରା କରି ପାଦରେ ଚାଲି ଚାଲି ମଙ୍ଗଳାମନ୍ଦିର ଦେଇ ରାସ୍ତା ଅତିକ୍ରମ କରୁଥିବା ବେଳେ ଗର୍ଭବତୀ ମହିଳା ସୁକୁମତୀଙ୍କ ରାସ୍ତାରେ ପ୍ରାୟ ରାତ୍ର ୧୧ଟା ବେଳେ ସନ୍ତାନ ପ୍ରସବ ହୋଇଯାଇଥିଲା । ଶିଶୁପୁତ୍ରଟିର ଜନ୍ମ ହେବାର କିଛି ସମୟ ପରେ ମୃତ୍ୟୁ ହୋଇଯାଇଥିଲା । କ୍ରନ୍ଦନ ଏବଂ ଚିତ୍କାର ଶବ୍ଦ ଶୁଣି ସ୍ଥାନୀୟ ଲୋକେ ଆସି ଦେଖିବା ପରେ ସମସ୍ତେ ସ୍ତବ୍ଧ ହୋଇଯାଇଥିଲେ । କାରଣ ଶିଶୁପୁତ୍ର ଜନ୍ମ ହେବା ପରେ ଶିଶୁପୁତ୍ରଟିର ନାଭି ମା' ସହିତ ସଂଯୋଗ ହୋଇ ରହିଥିଲା । ମାଙ୍କର ଜୀବନ ପ୍ରତି ବିପଦ ଥିବାରୁ ତୁରନ୍ତ ସ୍ଥାନୀୟ ଲୋକ ୧୦୮ ଆମ୍ବୁଲାନ୍ସକୁ ଖବର ଦେବା ସହିତ ଟାଟାକମ୍ପାନୀ ମୁଖ୍ୟ ଚିକିତ୍ସାଧିକାରୀଙ୍କୁ ଫୋନ ଯୋଗେ ଜଣାଇଥିଲେ । ତେବେ ବଡବିଲରୁ ୧୦୮ ଆମ୍ବୁଲାନ୍ସଟି ପହ ଞ୍ଚି ସୁକୁମତୀଙ୍କୁ ମୃତ ଶିଶୁପୁତ୍ର ସହ ସ୍ଥାନୀୟ ସରକାରୀ ଡାକ୍ତରଖାନାରେ ଭ ର୍ତ୍ତି କରିଥିଲେ । ଏହି ଘଟଣା ପ୍ରଘଟ ହେବା ପରେ ଜନସାଧାରଣଙ୍କ ମନରେ ଘରୋଇ ଡାକ୍ତରଖାନା ପ୍ରତି ପ୍ରବଳ ଆକ୍ରୋଶ ଦେଖାଯାଇଥିଲା । ଯୋଡା ବିକାଶ ପରିଷଦ ପକ୍ଷରୁ ସଭାପତି ନିରଞ୍ଜନ ବହିଦାର କ୍ଷୋଭର ସହ ନିଜର ପ୍ରତିକ୍ରିୟାରେ କହିଛନ୍ତି ଯେ ଟାଟା ଖଣି ଖାଇ ପାଣି ଖାଇଲା ହେଲେ ପ୍ରଭାବିତ ଲୋକଙ୍କର ସେବାକୁ ନିଜର ଦାୟିତ୍ୱ ବଦଳରେ ଦୟା ବୋଲି ଭାବିଲା । ଏସମ୍ପର୍କରେ ଟାଟା କମ୍ପାନୀ ଡାକ୍ତରଖାନା ମୁଖ୍ୟ ଚିକିତ୍ସାଧିକାରୀ ଏମ.କେ.ତ୍ରିପାଠୀ ତାଙ୍କ ପ୍ରତିକ୍ରିୟାରେ କହିଥିଲେ ଯେ ମହିଳା ଜଣକ ଚିକିତ୍ସା ନିମନ୍ତେ ଏଠାକୁ ଆସିଥିବା ସେ ଜାଣିଛନ୍ତି । ଏବଂ ତାଙ୍କର କୋଭିଡ ଟେଷ୍ଟ ମଧ କରାହେବା ପରେ କରୋନା ପଜିଟିଭ ରିପୋର୍ଟ ଜଣାପଡିଛି । ରୋଗୀ ଏଠାରୁ ଚାଲିଯିବା ସମ୍ପର୍କରେ ସେ ତଦନ୍ତ କରିବେ । ତଦନ୍ତ ପରେ କାର୍ଯ୍ୟାନୁଷ୍ଠନ ଗ୍ରହଣ କରାଯିବ ବୋଲି ସେ କହିଥିଲେ । ତେବେ ଏଠାରେ ପ୍ରଶ୍ନ ଉଠୁଛି ଯେ ଟାଟାଷ୍ଟିଲ ଡାକ୍ତରଖାନା ପରିସର ମଧ୍ୟରେ କୋଭିଡ ଡାକ୍ତରଖାନା ଥିବା ସ ତ୍ତ୍ୱେ କିପରି ମହିଳାଙ୍କୁ ଚିକିତ୍ସା କରାନଯାଇ କିପରି ଦାୟିତ୍ୱହୀନ ଭାବେ ପଠାଇ ଦିଆଗଲା ଓ ଆମ୍ବୁଲାନ୍ସଟିଏ ମଧ ତାଙ୍କୁ ଦିଆଗଲା ନାହିଁ ଏହା ଜନସାଧାରଣଙ୍କ ପ୍ରଶ୍ନ । ତେଣେ ସରକାରୀ ଡାକ୍ତରଖାନାରୁ ପ୍ରସବ ଚିକିତ୍ସା ହେବା ପରେ ମହିଳା ଓ ତାଙ୍କ ପରିବାର ଜଳହରୀ ସ୍ଥିତ ଆଇଟିସି ଗ୍ରାମକୁ ଚାଲି ଯାଇଛନ୍ତି । ଯାହାକୁ ସଂକ୍ରମଣର ଆଶଙ୍କାକୁ ବଢାଇ ଦେଇଛି । ଏନେଇ ଟାଟା କମ୍ପାନୀ କର୍ପୋରେଟ କମ୍ୟୁନିକେଶନର ଅଧିକାରୀ ଆଶିଷ ଆଚାର୍ଯ୍ୟ ପ୍ରେସ ବିବୃ ତ୍ତି ଦେଇ ସୂଚନା ଦେଇଛନ୍ତି ଯେ ସୁକୁମତୀ ପୂ ର୍ତ୍ତିଙ୍କୁ ଅକ୍ଟୋବର ୫ ତାରିଖ ରାତି ପ୍ରାୟ ୮.୪୦ ମିନିଟରେ ଟାଟାଷ୍ଟିଲ ହସ୍ପିଟାଲକୁ ଅଣାଯାଇଥିଲା । ହସ୍ପିଟାଲରେ ୨ଜଣ ସ୍ତ୍ରୀ ଓ ପ୍ରସୂତୀ ବିଭାଗର ବିଶେଷଜ୍ଞ ଅଛନ୍ତି । ଜଣେ ଡାକ୍ତର ସଙ୍ଗରୋଧରେ ଥିବାରୁ ସେ ରୋଗୀଙ୍କୁ ଦେଖି ପାରିବେ ନାହିଁ । ଦ୍ୱିତୀୟ ଡାକ୍ତର କୋଭିଡରୁ ଏବେ ସୁସ୍ଥ ହୋଇଛନ୍ତି ଓ ସେହି ସମୟରେ ସେ ଅସୁସ୍ଥତା ଅନୁଭବ କରିବାରୁ ଡାକ୍ତରଖାନାକୁ ଆସିପାରିନଥିଲେ । ଏପରିସ୍ଥିତିରେ ରୋଗୀଙ୍କୁ ଏଠାରେ ଭ ର୍ତ୍ତି କରିବା ସମ୍ଭବପର ନଥିବାରୁ ନିକଟସ୍ଥ ହସ୍ପିଟାଲକୁ ନେବା ପାଇଁ ପରାମର୍ଶ ଦିଆଯାଇଥିଲା ।

### ଗଜପତି ସ୍ୱୟଂଶାସିତ ମହାବିଦ୍ୟାଳୟରେ ବାଣିଜ୍ୟ ଦିବସ ଅନୁଷ୍ଠିତ

ପାରଳାଖେମୁଣ୍ଡି,(ପି.ଏନ): ସ୍ଥାନୀୟ ଶ୍ରୀକୃଷ୍ଣଚନ୍ଦ୍ର ଗଜପତି ସ୍ୱୟଂଶାସିତ ମହାବିଦ୍ୟାଳୟ ଠାରେ ବାଣିଜ୍ୟ ବିଭାଗ ଆନୁକୂଲ୍ୟରେ ବାଣିଜ୍ୟ ଦିବସ ଅନୁଷ୍ଠିତ ହୋଇଯାଇଛିବ ।ବାଣିଜ୍ୟ ବିଭାଗର ମୁଖ୍ୟ ଶିବପ୍ରସାଦ ସେଠୀଂକ ସଭାପତିତ୍ୱରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ହିଂଜିଳିକାଟୁ (ସ୍ୱୟଂଶାସିତ) ବିଗ୍ୟାନ ମହାବିଦ୍ୟାଳୟର ବାଣିଜ୍ୟ ବିଭାଗର ମୁଖ୍ୟ ଡ.ପ୍ରଫୁଲ୍ଲ କୁମାର ରଥ ମୁଖ୍ୟବକ୍ତା ରୂପେ ଯୋଗଦାନ କରିଥିଲେ ।'ବାଣିଜ୍ୟ ଶିକ୍ଷାରେ ପ୍ରଗତି ଏବଂ ସମାଜରେ ଏହାର ଉପକାରୀତା' ବିଷୟରେ ସେ ଆଲୋକପାତ କରିଥିଲେ । ଆଜିର ସମାଜରେ ବାଣିଜ୍ୟ ଶିକ୍ଷାରେ ମୂଲ୍ୟବୋଧତା ତଥା ସରକାରୀ ଓ ଉଦ୍ୟୋଗ କ୍ଷେତ୍ରରେ ଏହାର ପ୍ରାଧାନ୍ୟତା ଉପରେ ଗୁରୁତ୍ୱାରୋପ କରିଥିଲେ ।ଡ.ବିଘ୍ନରାଜ ମିଶ୍ରଂକ ଦ୍ୱାରା ଏହି ସେମିନାର ଉଦ୍ଘାଟିତ ହୋଇଥିଲା ।ଡ.ସୁମନ୍ତ ବେହେରା ଆସିଷ୍ଟାଣ୍ଟ ପ୍ରଫେସର୍ ସ୍ୱାଗତ ଭାଷଣ ଦେଇଥିଲେ ।ଡ.ଶୁଭେନ୍ଦୁ କୁମାର ପ୍ରଧାନ ଧନ୍ୟବାଦ ଅର୍ପଣ କରିଥିଲେ ।

### ରେଳବାଇ ଇଞ୍ଜିନିୟରିଂ କର୍ମଚାରୀ ପୁରସ୍କୃତ

ସମ୍ବଲପୁର,(ପିଏନ)- ସମ୍ବଲପୁର ରେଳ ମଣ୍ଡଳର ଇଞ୍ଜିନିୟରିଂ ବିଭାଗର ସମ୍ବଲପୁର ଠାରେ କାର୍ଯ୍ୟରତ ଟେକ୍ନିସିଆନ ଜୟ ପ୍ରକାଶ ଭକ୍ତଙ୍କ କାର୍ଯ୍ୟଦକ୍ଷତା ଓ କାର୍ଯ୍ୟ ପ୍ରତି ଉଲ୍ଲେଖନୀୟ ଯୋଗଦାନ ପାଇଁ ସୁରସ୍କୃତ କରାଯାଇଅଛି ।
ତାଙ୍କର କର୍ତବ୍ୟ ନିଷ୍ଠା ଓ ସମର୍ପଣ ମାନ୍ୟତା ସ୍ୱରୂପ ମଣ୍ଡଳ ରେଳ ପ୍ରବନ୍ଧକ ପ୍ରଦୀପ କୁମାର ପ୍ରମାର ପତ୍ର ସହ ନଗଦ ରାଶି ଦେଇ ସମ୍ମାନିତ କରିଥିଲେ । ଏହି ଅବସରରେ ବରିଷ୍ଠ ମଣ୍ଡଳ ଇଞ୍ଜିନିୟର (ସମନ୍ୱୟ) ଜୟନ୍ତ କୁମାର ଖମାରୀ, ମଣ୍ଡଳ ଇଞ୍ଜିନିୟର (ମଧ) ସରୋଜ କାନ୍ତ ଦାସ ଉପସ୍ଥିତ ଥିଲେ ।

# ବାଲେଶ୍ୱର ସଦର ବିଧାନସଭା ଆସନ ଉପ ନିର୍ବାଚନ: ନିର୍ଦ୍ଦିଷ୍ଟ ବର୍ଗଙ୍କ ପାଇଁ ପୋଷ୍ଟାଲ ବାଲଟ୍ ସୁବିଧା

ବାଲେଶ୍ୱର(ପିଏନ)-ବାଲେଶ୍ୱର ସଦର ବିଧାନସଭା ନିର୍ବାଚନମଣ୍ଡଳୀରେ ହେବାକୁ ଥିବା ଉପ- ନିର୍ବାଚନରେ ନିର୍ଦ୍ଦିଷ୍ଟ କିଛି ବର୍ଗର ବ୍ୟକ୍ତିବିଶେଷଙ୍କୁ ପୋଷ୍ଟାଲ ବାଲଟ୍ ସୁବିଧା ଯୋଗାଇ ଦିଆଯିବ । ଏ ସଂକ୍ରାନ୍ତରେ ଭାରତର ନିର୍ବାଚନ କମିଶନ ମାର୍ଗଦର୍ଶିକା ଜାରି କରିଛନ୍ତି । ପୂର୍ବରୁ କେବଳ ସରକାରୀ କର୍ମଚାରୀ ଏବଂ ନିର୍ବାଚନ କାର୍ଯ୍ୟରେ ନିୟୋଜିତ ଥିବା ବ୍ୟକ୍ତିବିଶେଷଙ୍କୁ ଏହି ସୁବିଧା ମିଳୁଥିବା ବେଳେ ବର୍ତ୍ତମାନ ଆହୁରି ତିନୋଟି ବର୍ଗର ବ୍ୟକ୍ତିବିଶେଷଙ୍କୁ ଏହି ସୁବିଧା ପ୍ରଦାନ କରାଯିବ । କୋଭିଡ-୧୯ ନିମନ୍ତେ ସତର୍କତା ଅବଲମ୍ବନ ପୂର୍ବକ ଏହି ତିନୋଟି ବର୍ଗର ମତଦାତାମାନଙ୍କୁ ପୋଷ୍ଟାଲ ବାଲଟ୍ ଜରିଆରେ ମତଦାନ କରିବା ପାଇଁ ନିର୍ବାଚନ କମିଶନ ଅନୁମତି ପ୍ରଦାନ କରିଛନ୍ତି । ଏହି ତିନୋଟି ବର୍ଗ ହେଲେ ୧. ବରିଷ୍ଠ ନାଗରିକ(୮୦ ବର୍ଷରୁ ଉର୍ଦ୍ଧ୍ୱ ବ୍ୟକ୍ତିବିଶେଷ) ୨. ଦିବ୍ୟାଙ୍ଗ ବ୍ୟକ୍ତି ଯାହାଙ୍କ ନାମ ମତଦାତା ସୂଚୀରେ ଚିହ୍ନିତ ହୋଇଥିବ । ୩. କୋଭିଡ୍-୧୯ରେ ଆକ୍ରାନ୍ତ ବା କୋଭିଡ-୧୯ରେ ପୀଡିତ ହୋଇଥିବା ନେଇ ସନ୍ଦେହ କରାଯାଉଥିବା ବ୍ୟକ୍ତିବିଶେଷ । ଉପରୋକ୍ତ ତିନି ଶ୍ରେଣୀର ମତଦାତାମାନଙ୍କୁ ପୋଷ୍ଟାଲ ବାଲଟ୍ ମାଧ୍ୟମରେ ମତଦାନ କରିବା ପାଇଁ ଫର୍ମ-୧୨ଘ(୧୨ଡ) ରେ ରିଟର୍ଣ୍ଣିଂ ଅଧିକାରୀଙ୍କୁ ଆବେଦନ କରିବାକୁ ପଡିବ । ଏହି ଫର୍ମ ବୁଥସ୍ତରୀୟ ଅଧିକାରୀ(ବି.ଏଲ.ଓ)ମାନେ ବଂଟନ କରିବେ । ଏହି ତିନି ଶ୍ରେଣୀର ମତଦାତାମାନେ ଫର୍ମ ପୂରଣ କରି ବି.ଏଲ.ଓ.ମାନଙ୍କୁ ଫେରସ୍ତ କରିବେ । ଏହା ପରେ ସେମାନଙ୍କ ନାମରେ ପୋଷ୍ଟାଲ ବାଲଟ୍ ଜାରି କରାଯିବ । ଦ୍ୱିତୀୟରେ ପୋଷ୍ଟାଲ ବାଲଟ୍‌ଗୁଡିକୁ ଏହି ତିନି ଶ୍ରେଣୀର ମତଦାତାଙ୍କ ପାଖରେ ଜଣେ ବି.ଏଲ.ଓ. ବା ଅନ୍ୟାନ୍ୟଅଧିକାରୀଙ୍କ ଜରିଆରେ ସେମାନଙ୍କ ଘରେ ପହଂଚାଇବାର ବ୍ୟବସ୍ଥା କରାଯିବ, ଯେଉଁଥିରେ ସେମାନେ ମତଦାନ କରିବା ସହିତ ଲଫାପାରେ ସିଲ୍ କରି ସମ୍ପୃକ୍ତ ଅଧିକାରୀମାନଙ୍କ ମାଧ୍ୟମରେ ଫେରାଇ ପାରିବେ । ତାଙ୍କ ଘରକୁ ଅଧିକାରୀମାନେ ଯାଇ ଏହାକୁ ସଂଗ୍ରହ କରିବେ । ପୋଷ୍ଟାଲ ବାଲଟ୍ ଗ୍ରହଣ କରିବା ପାଇଁ ବି.ଏଲ.ଓ. କିମ୍ବା ଅନ୍ୟାନ୍ୟ ଅଧିକାରୀମାନେ ୨ଥର ମତଦାତାଙ୍କ ଘରକୁ ଯିବେ । ସେହି ୨ ଥର ମଧ୍ୟରେ ମତଦାତାମାନେ ତାଙ୍କର ପୋଷ୍ଟାଲ ବାଲଟ୍ ପୂରଣ କରି ଫେରସ୍ତ କରିବା କାର୍ଯ୍ୟ ଯେପରି ସମାପନ କରିବେ, ତାହାକୁ ସୁନିଶ୍ଚିତ କରିବେ । ଜିଲ୍ଲା ନିର୍ବାଚନ ଅଧିକାରୀ ତଥା ଜିଲ୍ଲାପାଳ, ବାଲେଶ୍ୱରଙ୍କ ତରଫରୁ ମତଦାତାମାନଙ୍କୁ ସୂଚୀତ କରାଯାଉଛି ଯେ ପୋଷ୍ଟାଲ ବାଲଟ୍ ମାଧ୍ୟମରେ ମତଦାନ କରିବା ବାଧ୍ୟତାମୂଳକ ନୁହେଁ । ଦ୍ୱିତୀୟତଃ ଏହା ମଧ୍ୟ ସର୍ବସାଧାରଣଙ୍କୁ ଜଣାଇ ଦିଆଯାଉଛି ଯେ ଥରେ ପୋଷ୍ଟାଲ ବାଲଟ୍ ମାଧ୍ୟମରେ ମତଦାନ ପାଇଁ ସମ୍ମତି ପ୍ରଦାନ କରିବା ପରେ ସେହି ବ୍ୟକ୍ତିବିଶେଷ ପୋଲିଂ ବୁଥରେ ଯାଇ ଭୋଟ୍ ଦେଇପାରିବେ ନାହିଁ । ନିର୍ବାଚନ ପାଇଁ ବିଜ୍ଞପ୍ତି ଆସନ୍ତା ଅକ୍ଟୋବର ୯ତାରିଖରେ ପ୍ରକାଶ ପାଇବାକୁ ଥିବା ବେଳେ ପୋଷ୍ଟାଲ ବାଲଟ୍ ପାଇଁ ଫର୍ମ-୧୨ଘ(୧୨ଡ)କୁ ବୁଥସ୍ତରୀୟ ଅଧିକାରୀ(ବି.ଏଲ.ଓ) ବା ଅନ୍ୟାନ୍ୟ ଅଧିକାରୀ ୯ତାରିଖରୁ ୧୩ତାରିଖ ମଧ୍ୟରେ ଉପରବର୍ଣ୍ଣିତ ବର୍ଗର ମତଦାତାମାନଙ୍କୁ ବଂଟନ କରିବା ସହ ଦରଖାସ୍ତଗୁଡିକୁ ସଂଗ୍ରହ କରିବେ । ପୋଷ୍ଟାଲ ବାଲଟ୍ ବ୍ୟବସ୍ଥାର ସୁପରିଚାଳନା ପାଇଁ ନୀଳଗିରି ଉପ-ଜିଲ୍ଲାପାଳ ଶ୍ରୀ ହରିଶ ଚନ୍ଦ୍ର ଜେନାଙ୍କୁ ନୋଡାଲ୍‌ଅଫିସର ଭାବେ ଦାୟିତ୍ୱଦିଆଯାଇଛି । ଏ ସମ୍ପର୍କରେ କୌଣସି ସନ୍ଦେହ ଥିଲେ ତାଙ୍କ ମୋ. ନମ୍ବର-୯୪୩୭୧୭୪୫୧୩ରେ ଯୋଗାଯୋଗ କରିବାକୁ କୁହାଯାଇଛି । ଏହି କାର୍ଯ୍ୟକ୍ରମକୁ ସଫଳ କରିବା ପାଇଁ ଜିଲ୍ଲାପାଳ ଶ୍ରୀ କେ.ସୁଦର୍ଶନ ଚକ୍ରବର୍ତୀ ସମସ୍ତ ରାଜନୈତିକ ଦଳ ଓ ଜନସାଧାରଣଙ୍କୁ ସହଯୋଗ କରିବା ପାଇଁ ନିବେଦନ କରିଛନ୍ତି ।

# ଗନ୍ଧମାର୍ଦ୍ଦନ ଲୋଡିଂ ଏଜେନ୍ସି ତରଫରୁ ଜେଲ ଅନ୍ତେବାସୀଙ୍କୁ ମାସ୍କ ଏବଂ ହ୍ୟାଣ୍ଡ ଫ୍ରି ସାନିଟାଇଜର ପ୍ରଦାନ

କେନ୍ଦୁଝର,(ପିଏନ): କେନ୍ଦୁଝର ଜିଲ୍ଲା କାରାଗାରରେ ଥିବା ଅନ୍ତେବାସୀଙ୍କ ସୁରକ୍ଷା ଏବଂ କୋଭିଡ-୧୯ ସଂକ୍ରମଣ ରୋକିବା ପାଇଁ ଶୁଆକାଟୀସ୍ଥିତ ଗନ୍ଧମାର୍ଦ୍ଦନ ଲୋଡିଂ ଏଜେନ୍ସି ପକ୍ଷରୁ ମଙ୍ଗଳବାର ଦିନ ୬୦୦ମାସ୍କ,ସାନିଟାଇଜର,୪୦ଟି ହ୍ୟାଣ୍ଡ ଗ୍ଲୋବସ,ହ୍ୟାଣ୍ଡ ଫ୍ରି ସାନିଟାଇଜର,୨୦ଟି ପିପିଇ କିଟ,୬୦୦ ସାବୁନ ଦିଆଯାଇଛି । ଏହି ହ୍ୟାଣ୍ଡ ଫ୍ରି ସାନିଟାଇଜରରେ ହାତ ନଲଗାଇ ପ୍ୟାଡେଲ ମାଧ୍ୟମରେ ଗୋଡରେ ଚାପ ଦେଇ ହାତକୁ ସାନିଟାଇଜ କରାଯାଇପାରିବ । ଜେଲ ଅଧିକ୍ଷକ ଗରିବ ସାହୁ,ଜେଲର ଅମୀୟ ବେହେରା,ଆସିଷ୍ଟା ଜେଲର ମହେଶ୍ୱର କୁଜୁର,କାରା ମଙ୍ଗଳ ଅଧିକାରୀ ପୂଜା ନାୟକ,ୱାର୍ଡର ସ୍ୱାଗତ କୁମାର ରଥଙ୍କ ଉପସ୍ଥିତିରେ ଲୋଡିଂ ଏଜେନ୍ସିର ସମ୍ପାଦକ ଅଞ୍ଜନ କୁମାର ବେଜ,ପ ାନନ ବାରିକ ଏହି ସାମଗ୍ରୀ ପ୍ରଦାନ କରିଛନ୍ତି । ଲୋଡିଂ ଏଜେନ୍ସି ପକ୍ଷରୁ ଜେଲ ଅନ୍ତେବାସୀଙ୍କୁ ଏହି ସାମଗ୍ରୀ ପ୍ରଦାନ କରାଯାଇଥିବାରୁ ଜେଲ ତରଫରୁ ସାଧୁବାଦ ଜ୍ଞାପନ କରାଯାଇଛି ।

### ଖଟିଖିଆଙ୍କୁ ମାଗଣା ଖାଦ୍ୟ, ୬ ମାସ ପାଇଁ ପ୍ରତି ପରିବାରକୁ ଆର୍ଥିକ ସହାୟତା ଦାବିରେ ସିପିଆଇଏମ୍‌ର ବିକ୍ଷୋଭ

ଭଦ୍ରକ, (ପିଏନ)- ସିପିଆଇଏମ୍ ପଲିଟି ବ୍ୟୁରୋ ଡାକରାରେ ସାରା ଦେଶରେ ଗତ ୧୭ ତାରିଖ ଠାରୁ ମୋଦି ସରକାର ବିରୋଧୀ ଆନ୍ଦୋଳନ ଜାରି ରହିଛି । ଏହି ପରିପ୍ରେକ୍ଷୀରେ ବିଭିନ୍ନ ଦାବି ନେଇ ସିପିଆଇଏମ ଭଦ୍ରକ ଜିଲ୍ଲା କମିଟି ପକ୍ଷରୁ ସ୍ଥାନୀୟ ବନ୍ତ ଛକଠାରେ ବିକ୍ଷୋଭ ପ୍ରଦର୍ଶନ କରାଯାଇଛି । ସମଗ୍ର ବିଶ୍ୱ କରୋନା ମହାମାରୀ କବଳରେ ରହିଛି । ଭାରତ ବର୍ଷ ମଧ ଏଥିରୁ ବାଦ୍ ପଡିନାହିଁ । ଦେଶବାସୀଙ୍କ ଜୀବନ ଓ ଜୀବିକା ସଂକଟମୟ ସ୍ଥିତି ମଧରେ ଗତି କରୁଛି । ଏଭଳି ସମୟରେ କେନ୍ଦ୍ରର ମୋଦି ସରକାର ସଂସଦରେ ଏ ବିଷୟ ଆଲୋଚନା ନ କରି କୃଷିଜାତ ଦ୍ରବ୍ୟ ଡାଲି, ଧାନ, ଆଳୁ, ପିଆଜକୁ ୩ଟି ଅଧ୍ୟାଦେଶ ଜରିଆରେ କର୍ପୋରେଟ କମ୍ପାନୀ ହାତକୁ ଟେକି ଦେଇଛି । ସମସ୍ତ ରାଷ୍ଟ୍ରାୟ ଶିଳ୍ପ ଯଥା ରେଳବାଇ, ବିମାନ ସେବା, ବ୍ୟାଙ୍କ, ଡାକ, ବୀମା, ଖଣିକୁ ଶାଗମାଛ ଦରରେ ଆଦାନୀ, ଅମ୍ବାନୀ ତଥା ବିଦେଶୀ କର୍ପୋରେଟ କମ୍ପାନୀକୁ ଟେକି ଦିଆଯାଉଛି ବୋଲି ବିକ୍ଷୋଭ ଅବସରରେ ଆରୋପ କରାଯାଇଛି । ଦେଶରେ ପେଟ୍ରୋଲ, ଡିଜେଲର ଦରବୃଦ୍ଧିକୁ ନିୟନ୍ତ୍ରଣ କରିବା, ଅତ୍ୟାବଶ୍ୟକ ସାମଗ୍ରୀର ମୂଲ୍ୟରେ ସ୍ଥିରତା ଆଣିବା, କରୋନା ମହାମରୀ ଜନିତ ଗରିବ ଖଟିଖିଆ ରିକ୍ସା ଚାଳକ, ନିର୍ମାଣ ଶ୍ରମିକ, ପରିବହନ ଶ୍ରମିକ, ବନ୍ଦର ଶ୍ରମିକ, ଟ୍ରଲି ଚାଳକ ଭଳି ପରିବାରକୁ ମାଗଣା ଖାଦ୍ୟ ଯୋଗାଣ ଓ ପ୍ରତି ପରିବାରକୁ ୬ ମାସ ପାଇଁ ମାସିକ ୭୫୦୦ ଟଙ୍କା ଆର୍ଥିକ ସହାୟତା ଯୋଗାଇବାକୁ ବିକ୍ଷୋଭ ସଭାରେ ଦାବି କରାଯାଇଛି । ପାର୍ଟିର ଜିଲ୍ଲା କମିଟି ସମ୍ପାଦକ ଦିବ୍ୟସିଂହ ନାୟକଙ୍କ ନେତୃତ୍ୱରେ ଅନୁଷ୍ଠିତ ସଭାରେ ସେକ୍ କାସିମ, ସେକ୍ ମନୱର, ସେକ୍ ସିକ୍ରୁ, ଗେଜ ମୁଣ୍ଡା, ମ ୁ ମୁଣ୍ଡା, ସେକ୍ ହାଦିକ, ସନାତନ ଦାସ, ସନ୍ତୋଷ ରାଉତ, ସେକ୍ କମର, ସେକ୍ ଅବଦୁଲ ରହେମାନ, ଜଗନ୍ନାଥ ରାଓ, ରାଜୁ ରାଓ, ମେହେମୁଦ୍ ପ୍ରମୁଖ ବିକ୍ଷୋଭ ସଭାରେ ସାମିଲ ହୋଇଥିଲେ ।

# କାରଖାନା ବନ୍ଦ ପାଇଁ ଚକ୍ରାନ୍ତ, ବଢୁଛି ଅସନ୍ତୋଷ

କେନ୍ଦୁଝର, (ପିଏନ): କେନ୍ଦୁଝର ଜିଲ୍ଲାରେ ଖଣିଜ ସଂପଦର ସଦୁପଯୋଗ କରିବା ପାଇଁ ଶିଳ୍ପ ପ୍ରତିଷ୍ଠା ଜରୁରୀ ହୋଇପଡିଛି । ବହୁ କମ୍ପାନୀ ଶିଳ୍ପ ନକରି ଖଣିଜ ପଥର ଚାଲାଣ କରି ଲାଭବାନ ହେଉଥିବାବେଳେ କେତେକ କମ୍ପାନୀ ଖଣିଜ ପଥର ସଦୁପଯୋଗ କରିବା ସହ ଜିଲ୍ଲାର ବିକାଶ ଓ ସ୍ଥାନୀୟ ଅ ଳର ବେକାର ଯୁବକ ଯୁବତୀଙ୍କ ନିଯୁକ୍ତିକୁ ଆଖି ଆଗରେ ରଖି ଶିଳ୍ପ ପ୍ରତିଷ୍ଠା କରିଛନ୍ତି । ତେବେ କେତେକ ମୁଷ୍ଟିମେୟ ନ୍ୟସ୍ତସ୍ୱାର୍ଥ ବ୍ୟକ୍ତି ନିଜର ଫାଇଦା ପାଇଁ ସ୍ଥାନୀୟ ସରଳ ଗରୀବ ଲୋକଙ୍କୁ ମତାଇ ଉକ୍ତ ଶିଳ୍ପ ବନ୍ଦ ପାଇଁ ଚକ୍ରାନ୍ତ ଚଳାଇ ଆସୁଥିବାରୁ ଅସନ୍ତୋଷ ବଢିବାରେ ଲାଗିଛି । ଏଭଳି ଘଟଣା ବାଂଶପାଳ ବ୍ଲକ ଅଁରା ଗ୍ରାମରେ ପ୍ରତିଷ୍ଠିତ ହୋଇଥିବା ଶ୍ରୀ ମେଟାଲିକ୍ସ କାରଖାନାକୁ ବନ୍ଦ କରିବା ପାଇଁ ଷଡଯନ୍ତ୍ର କରାଯାଉଥିବା ନେଇ ସ୍ଥାନୀୟ ଲୋକ କେନ୍ଦୁଝର ଜିଲ୍ଲାପାଳଙ୍କଠାରେ ମଙ୍ଗଳବାର ଦିନ ଅଭିଯୋଗ କରିଛନ୍ତି । ଏହି କାରଖାନା ଆଦିବାସୀ ଅଧ୍ୟୁଷିତ ଅ ଳରେ ନିଯୁକ୍ତି ସୁଯୋଗ ସୃଷ୍ଟି କରିବା ପାଇଁ ୨୦୧୦ ମସିହାରେ ପ୍ରତିଷ୍ଠା ହୋଇ କାର୍ଯ୍ୟକ୍ଷମ ହୋଇଥିଲା । ଏହାଦ୍ୱାରା କାମ ଆଶାରେ ଜମି ଦେଇଥିବା ଶତାଧିକ ପରିବାର ପ୍ରତ୍ୟକ୍ଷ ଓ ପରୋକ୍ଷ ଭାବେ ଉପର ରାଇଗୋଡା ପ ାୟତ ସମେତ ମଳଦା,ଫୁଲଝର,କୁମୁଣ୍ଡି,ଶୁଆକାଟୀ,ବାଂଶପାଳ ଆଦି ପ ାୟତର ବହୁ ବେକାର ଯୁବକ ଉପକୃତ ହୋଇ ଆସୁଥିଲେ । ତେବେ କେତେକ କୁଚକ୍ରୀ ଗୋଷ୍ଠୀଙ୍କ ଚକ୍ରାନ୍ତରେ ୨୦୧୪ ମସିହାରେ କାରଖାନା ବନ୍ଦ ହୋଇଯାଇଥିଲା । ଉକ୍ତ ସମୟରେ ସ୍ଥାନୀୟ ଲୋକେ କାମଧନ୍ଦା ହରାଇ ଆର୍ଥିକ ଦୁର୍ଦ୍ଦଶାର ସମ୍ମୁଖୀନ ହୋଇଥିଲେ । କାରଖାନା ପାଇଁ ଜମି ଦେଇଥିବା ଲୋକମାନେ ବାଧ୍ୟ ହୋଇ ଭିଟାମାଟି ଛାଡି କାମଧନ୍ଦା ପାଇଁ ବାହାରକୁ ପଳାଇବାକୁ ବାଧ୍ୟ ହୋଇଥିଲେ । ପରେ ଜମିହରା ଲୋକଙ୍କ ଅନୁରୋଧ ଓ ଅନୁକୂଳ ପରିବେଶ ସୃଷ୍ଟି ହେବା ପରେ ୨୦୧୭ ରେ ପୁନଃ ସ୍ଥାନୀୟ ଲୋକଙ୍କ ସହଯୋଗରେ କାରଖାନା ଚାଲୁ ହୋଇଥିଲା । ଏବେ କେତେକ ନ୍ୟସ୍ତ ସ୍ୱାର୍ଥବାଦୀ ଲୋକ ନିଜର ଫାଇଦା ପାଇଁ ଗରୀବ ଓ ନିରୀହ ଆଦିବାସୀଙ୍କୁ ପ୍ରଲୋଭିତ କରି କାରଖାନାରେ ବିଶୃଙ୍ଖଳା ସୃଷ୍ଟି କରି ବନ୍ଦ କରିବା ପାଇଁ ଉଦ୍ୟମ ଚଳାଇଛନ୍ତି । ଅନେକ ସମୟରେ ମିଥ୍ୟା ଓ ଭି ତ୍ତିହୀନ ଅଭିଯୋଗ କରି କାରଖାନା କ ର୍ତ୍ତୃପକ୍ଷଙ୍କୁ ବିବାଦ ଘେରକୁ ଟାଣି ନେବାକୁ ଚେଷ୍ଟା କରିବା ସହ ଉ େ ଜନା ପରିସ୍ଥିତି ସୃଷ୍ଟି କରୁଛନ୍ତି । ସେମାନେ ଗରୀବ ଲୋକଙ୍କୁ ପ୍ରଲୋଭିତ କରି କିମ୍ବା ଧମକଚମକ ଦେଇ କାରଖାନାରେ କାମ କରିବାକୁ ବାରଣ କରୁଛନ୍ତି । ସେମାନଙ୍କୁ ହାତବାରିସି କରି ହିଂସାତ୍ମକ ଆନ୍ଦୋଳନ କରିବା ସହ ଅରାଜକତା ସୃଷ୍ଟି କରି ଶ୍ରୀ ମେଟାଲିକ୍ସ ପ୍ଲା କୁ ବନ୍ଦ କରିବାକୁ ଉଦ୍ୟମ ଚଳାଇଛନ୍ତି । କାରଖାନା ବନ୍ଦ ହେଲେ ଶହ ଶହ ଜମିହରା ଗ୍ରାମବାସୀ ଏବଂ କାରଖାନା ଉପରେ ନିର୍ଭରଶୀଳ ସ୍ଥାନୀୟ ଅ ଳର ଅଧିବାସୀ ଜୀବନଜୀବିକା ହରାଇବେ ଓ କରୋନା ମହାମାରୀ ସମୟରେ କାମଧନ୍ଦା ହରାଇ ସେମାନଙ୍କର ଆର୍ଥିକ ସ୍ଥିତି ଦୋହଲିଯିବ । ଏଣୁ ଏଥିରେ ଜିଲ୍ଲା ପ୍ରଶାସନ ହସ୍ତକ୍ଷେପ କରି କୁଚକ୍ରୀ ଷଡଯନ୍ତ୍ରକାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି କାରଖାନାକୁ ଶାନ୍ତିପୂର୍ଣ୍ଣ ଭାବରେ ପରିଚାଳନା କରିବାକୁ ଅଁରା ଗ୍ରାମବାସୀ ଓ ଶ୍ରୀ ରାଧାକୃଷ୍ଣ ଗ୍ରାମ କମିଟି ତରଫରୁ ଅନୁରୋଧ କରାଯାଇଛି । ଏହାର ଏକକିତା ନକଲ ମୁଖ୍ୟ ଶାସନ ସଚିବଙ୍କୁ ପ୍ରଦାନ କରିବା ସହ କେନ୍ଦୁଝର ଉପଜିଲ୍ଲାପାଳ,ସଦର ଏସ୍‌ଡିପିଓ, ବାଂଶପାଳ ତହସିଲଦାର, ନୟାକୋଟ ଥାନା ଅଧିକାରୀଙ୍କୁ ପ୍ରଦାନ କରିଛନ୍ତି ।

### ଭୁବନ ସିଏଚସିରେ ୬୧ ଜଣଙ୍କର ଆଂଟିଜେନ ଟେଷ୍ଟ ହେଲା

ଭୁବନ, (ପିଏନ)- ଭୁବନ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଗତ ଅଗଷ୍ଟ ୧୧ ତାରିଖ ମଙ୍ଗଳବାର ଠାରୁ ଆଂଟିଜେନ ଟେଷ୍ଟିଂ ଆରମ୍ଭ ହୋଇଥିବା ବେଳେ ଆଜି ସମୁଦାୟ ୬୧ ଜଣ ବ୍ୟକ୍ତି ଟେଷ୍ଟିଂ କରିଥିଲେ । ତେବେ ଆଜି ସୁଦ୍ଧା ୨୩୬୯ ଜଣ ବ୍ୟକ୍ତି ଆଂଟିଜେନ ଟେଷ୍ଟ କରିଥିବା ଜଣାପଡିଛି । ଭୁବନ ଏନଏସିରେ ଦିନକୁ ଦିନ ଥଣ୍ଡା,କାଶ,ଜ୍ୱର ସହିତ କରୋନା ସଂକ୍ରମିତ (ପଜିଟିଭ) ଙ୍କ ସଂଖ୍ୟା ବୃଦ୍ଧି ପାଇ ପାଖାପାଖି ୫ ଶହରେ ପହଁଚିଥିବାରୁ ଲୋକମାନେ ନିଜର ସୁରକ୍ଷା ଓ ସ୍ୱାସ୍ଥ୍ୟରକ୍ଷା ପାଇଁ ଅଧିକ ରୁ ଅଧିକ ସଂଖ୍ୟାରେ ଆଂଟିଜେନ ଟେଷ୍ଟ କରିବାକୁ ଡାକ୍ତରଖାନାରେ ଗହଳି କରୁଥିବା ଦେଖିବାକୁ ମିଳୁଛି ।

# ଉପଖଣ୍ଡ ଚିକିତ୍ସାଳୟରେ ବ୍ଲଡ ଷ୍ଟୋରେଜ ୟୁନିଟ୍‌କୁ କାର୍ଯ୍ୟକ୍ଷମ ଦାବୀ

ନୂଆପଡା, (ପିଏନ)- ନୂଆପଡା ଜିଲ୍ଲା ଖଡିଆଳ ସ୍ଥିତ ଉପଖଣ୍ଡ ସ୍ୱାସ୍ଥ୍ୟ କେନ୍ଦ୍ରରେ ଗତ ୩ ବର୍ଷ ତଳେ ବ୍ଲଡ ଷ୍ଟୋରେଜ ୟୁନିଟ ଖୋଲାଯାଇଥିଲା । ହେଲେ ଆବଶ୍ୟକ ରକ୍ତ ସଂଗ୍ରହ ହୋଇ ପାରୁନଥିବା ଯୋଗୁଁ ଏହି ୟୁନିଟ ବନ୍ଦ କରି ଦିଆଯାଇଥିବା ଜଣାପଡିଛି । ଫଳରେ ଏହି ୟୁନିଟକୁ ତୁରନ୍ତ କାର୍ଯ୍ୟକ୍ଷମ କରିବାକୁ ସାଧାରଣରେ ଦାବୀ ହେଉଛି । ନୂଆପଡା ଜିଲ୍ଲାର ପ୍ରମୁଖ ଏବଂ ମୁଖ୍ୟସ୍ଥଳୀ ଭାବରେ ଖଡିଆଳ ଜଣାଶୁଣା । ଏଠାରେ ରକ୍ତ ଅଭାବରୁ ଅନେକ ରୋଗୀ ଉପଯୁକ୍ତ ଚିକିତ୍ସା ସେବା ପାଇ ପାରୁନଥିବା ବେଳେ ବ୍ଲଡ ଷ୍ଟୋରେଜ ୟୁନିଟର ନିତାନ୍ତ ଆବଶ୍ୟକତା ରହିଛି । ରାଜ୍ୟ ସରକାର ତଥା ଜିଲ୍ଲା ପ୍ରଶାସନ ତରଫରୁ ପ୍ରତିମାସରେ ରକ୍ତଦାନ ଶିବିର ଆୟୋଜନ କରି ଆବଶ୍ୟକ ରକ୍ତ ମହଜୁଦ ରଖିବାକୁ ଇତିପୂର୍ବେ ଖଡିଆଳ ଉପଖଣ୍ଡ ଚିକିତ୍ସାଧିକାରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ । ତଦନୁରୂପ ଖଡିଆଳ ଉପଖଣ୍ଡ ଚିକିତ୍ସାଧିକାରୀ ରକ୍ତଦାନ ଶିବିର ଆୟୋଜନ ପାଇଁ ବୈଠକ ମଧ୍ୟ କରିଥିଲେ । କିନ୍ତୁ କୌଣସି କାରଣ ନଥାଇ ତାହାକୁ ବିନା କାରଣରେ ବନ୍ଦ କରି ଦିଆଯାଇଛି । ଖଡିଆଳ ସ୍ୱାସ୍ଥ୍ୟ କେନ୍ଦ୍ରକୁ ପ୍ରସୂତୀ ଅସ୍ତ୍ରୋପ୍ରଚାର କେନ୍ଦ୍ର ରୂପେ ଜିଲ୍ଲା ପ୍ରଶାସନ ସ୍ୱୀକୃତି ଦେଇଥିବା ବେଳେ ଆନୁସାଙ୍ଗିକ ବ୍ୟବସ୍ଥା ନହେବା କାରଣରୁ ଅନେକ ଗର୍ଭବତୀ ମହିଳା ମାନେ ସ୍ୱାସ୍ଥ୍ୟକେନ୍ଦ୍ରରେ ପ୍ରସବ କରିବାକୁ ବିଫଳ ହେଉଛନ୍ତି । ଖଡିଆଳ ସ୍ୱାସ୍ଥ୍ୟକେନ୍ଦ୍ରରେ ଦୈନିକ ଦୈନିକ ୧୦ ରୁ ଉର୍ଦ୍ଧ ମାଁ ପ୍ରସବ କରୁଛନ୍ତି । କିନ୍ତୁ ଅନେକ ମାଁଙ୍କୁ ରକ୍ତ ମିଳୁନଥିବା ଯୋଗୁଁ ଶିଶୁ ଜନ୍ମ ଦେଲା ପରେ ମଧ୍ୟ ନୂଆପଡା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ପ୍ରସୂତୀଙ୍କୁ ନେବାକୁ ବାଧ୍ୟ ହେଉଛନ୍ତି । ବ୍ଲଡ ଷ୍ଟୋରେଜ ୟୁନିଟ କାର୍ଯ୍ୟକ୍ଷମ ହେଲେ ଅନେକ ପ୍ରସୂତୀ ମାଁ ସମେତ ଅନ୍ୟାନ୍ୟ ରୋଗୀ ମାନେ ଉପକୃତ ହୋଇପାରନ୍ତେ ବୋଲି ଖଡିଆଳ ବୁଦ୍ଧିଜିବୀ ପ୍ରକାଶ କରିଛନ୍ତି । ଜିଲ୍ଲା ପ୍ରଶାସନ ତୁରନ୍ତ ଦୃଷ୍ଟି ଦେଇ ବ୍ଲଡ ଷ୍ଟୋରେଜ ୟୁନିଟକୁ କାର୍ଯ୍ୟକ୍ଷମ କରିବାକୁ ସାଧାରଣରେ ଦାବୀ ହେଉଛି ।

# ୩୦ ବର୍ଷର ଫଳପୁରର ଜଙ୍ଗଲ ଜମି ଏବେ ବ୍ୟକ୍ତିଗତଙ୍କ ନାଁରେ : ଆନ୍ଦୋଳନ ପାଇଁ ୫ ପଂଚାୟତବାସୀ ଏକଜୁଟ

ଭଦ୍ରକ, (ପିଏନ)- ଭଦ୍ରକ ଜିଲା ଧାମନଗର ତହସିଲ ଅଧିନରେ ଥିବା ବିଭିନ୍ନ ଗୋଚର, ଅନାବାଦୀ ଓ ଜଙ୍ଗଲ ଜମିକୁ କେତେକ ଜମି ଦଲାରୀ ଚଂଚକତା କରି ନିଜ ନାମରେ କରି ନେଇଥିବା ଅଭିଯୋଗ ହୋଇଛି । ଏପରିକି ଉକ୍ତ ଜମିରେ ସଂପୃକ୍ତ ଦଲାରୀମାନେ ପକ୍କାଘର ସହିତ ଜବରଦଖଲ କରିବାରେ ସକ୍ଷମ ହୋଇଛନ୍ତି । ଏନେଇ ବିଭିନ୍ନ ମହଲରୁ ବାରମ୍ବାର ଅଭିଯୋଗ ସତ୍ୱେ ବି ସେମାନଙ୍କ ବିରୋଧରେ କୌଣସି କାର୍ଯ୍ୟାନୁଷ୍ଠାନ ହେଉନଥିବା ଅଭିଯୋଗ ହୋଇଛି । ଏହାକୁ ନେଇ ଅଂଚଳବାସୀଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି । ପ୍ରକାଶ ଥାଉକି ଧାମନଗର ତହସିଲ ଅନ୍ତର୍ଗତ ଭଟ୍ଟସାହି ପଂଚାୟତ ଫଳପୁର ମୌଜାର ତଫସିଲ ଗ୍ରାମ୍ୟ ଜଙ୍ଗଲ ବୃତିକୁ ଚଂଚକତା କରି ଧୁଷୁରୀ ଅଂଚଳର ଜନୈକ ବ୍ୟକ୍ତି ନିଜ ନାମରେ ପଟ୍ଟା କରିନେଇଥିବା ଜଣାଯାଇଛି । ଅଭିଯୋଗରୁ ଜଣାଯାଇଛି ଯେ, ଜମିଦାରୀ ସମୟରେ ସୁଶିଳାବାଳା ଦାସୀ ନାମରେ ଉକ୍ତ ତଫସିଲ ରେକର୍ଡ ଦରଜ ଥିଲା । ସାବକରେ ଏହାର ଖାତା ନଂ-୧୩୫ ଅବଂ ପ୍ଲଟ ନଂ-୧୫୬୦ ଓ ୧୫୬୧, ରକବା ୨ଏକର ୧୧ ଡିସିମିଲ ଥିଲା । ତତ୍‌ପରେ ଉକ୍ତ ତଫସିଲ ହାଲ ବନ୍ଦୋବସ୍ତରେ ରାଧାକାନ୍ତ ବୋଷ ପିତା-ରାମକୃଷ୍ଣ ବୋଷ, ବାସସ୍ଥାନ-କୋଠାରରେ ରେକର୍ଡ ଦରଜ ଥାଇ ପୁନ୍ନର୍ବାର ରାଧାକାନ୍ତ ବୋଷଙ୍କ ଦୁଇ କନ୍ୟା ରାଜେଶ୍ୱରୀ ଦେ ଓ ତନୁଶ୍ରୀ ମିତ୍ରଙ୍କ ନାମରେ ରେକର୍ଡ ହୋଇଥିଲେ ହେଁ ପ୍ରକୃତପକ୍ଷେ ସେମାନେ କେହିଁ ଏହି ଜଙ୍ଗଲ ଜମିରେ ଦଖଲଦାରୀ ନଥିଲେ । ପରବର୍ତୀ ସମୟରେ ଧୁଷୁରୀ ଅଂଚଳର ଜନୈକ ବ୍ୟକ୍ତି ସେମାନଙ୍କ ଠାରୁ ଚଂଚକତା କରି ଉକ୍ତ ଜଙ୍ଗଲ ଜମିକୁ ନିଜ ନାମରେ କରି ପଟ୍ଟା ପାଇବାରେ ସକ୍ଷମ ହୋଇଛନ୍ତି । ଏହି ଚଂଚକତା ଘଟଣା ଜଣାପଡିବା ପରେ ଆଖପାଖ ଅଂଚଳର ଭଟ୍ଟସାହି ସମେତ ନଦୀଗାଁ, ଦଳାଙ୍ଗ, ଅର୍ଜୁନପୁର ଓ ବୟାଙ୍ଗଡିହ ଆଦି ପଂଚାୟତର ଶହଶହ ଜନସାଧାରଣଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି । ଉକ୍ତ ଗ୍ରାମ୍ୟ ଜଙ୍ଗଲରେ ପାରିପାର୍ଶ୍ୱରେ ଅରଳେଶ୍ୱର ମହାଦେବ ମନ୍ଦିର, ଶନିଦେବଙ୍କ ମନ୍ଦିର, କଣ୍ଡିଆଶୁଣି ଏବଂ ପ୍ରଭୁ ଶ୍ରୀ ଜଗନ୍ନାଥଙ୍କ ଅସ୍ଥାନ ରହିଛି । ମଧ୍ୟଭାଗରେ ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡକ ରାସ୍ତା ଏବଂ ଜଙ୍ଗଲର ଚତୁଃପାର୍ଶ୍ୱରେ କଣ୍ଡିଆ ଓ ଗେଙ୍ଗୁଟି ନଦୀ ଥିବାରୁ ପରିବେଷକୁ ସୁନ୍ଦର କରିଛି । ଏନେଇ ଉକ୍ତ ୫ଟି ପଂଚାୟତର ଶତାଧିକ ଜନସାଧାରଣ ଏହି ଗ୍ରାମ୍ୟ ଜଙ୍ଗଲ ପରିସରରେ ଥିବା କଣ୍ଡିଆଶୁଣୀ ପୀଠରେ ଏକତ୍ରିତ ହୋଇ ପରବର୍ତୀ କାର୍ଯ୍ୟପନ୍ଥା ନିମନ୍ତେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ୩୦ ବର୍ଷ ଧରି ସରକାରଙ୍କ ଏହି ସ୍ଥାନ ଗ୍ରାମ୍ୟ ଜଙ୍ଗଲର ମାନ୍ୟତା ପାଇଥିଲା ବେଳେ କିପରି ଭାବେ ଏହି ଜମିକୁ ସଂପୃକ୍ତ ବ୍ୟକ୍ତିଙ୍କ ନାମରେ ରେକର୍ଡଭୂକ୍ତ କରାଗଲା । ଏହି ର୍‍ୟାକେଟ ପଛରେ କେଉଁ ସରକାରୀ ଅଧିକାରୀଙ୍କ ହାତ ଅଛି ତାହାକୁ ତୁରନ୍ତ ବାହାର କରିବା ସହିତ ଜଙ୍ଗଲ ଜମିକୁ ସୁରକ୍ଷା ଦେବା ପାଇଁ ଏକ ପ୍ରତିନିଧି ଦଳ ଆଗାମୀ ଦିନରେ ଭଦ୍ରକ ଜିଲାପାଳଙ୍କୁ ଭେଟି ଦାବିପତ୍ର ପ୍ରଦାନ କରିବାକୁ ସ୍ଥିର କରାଯାଇଛି । ଏଥିସହ ଧାମନଗର ତହସିଲଦାରଙ୍କ ସମେତ ମୁଖ୍ୟମନ୍ତ୍ରୀ, ଆରଡିସି, ରାଜସ୍ୱ ଓ ଜଙ୍ଗଲ ବିଭାଗର ମନ୍ତ୍ରୀ, ସାଂସଦ, ସ୍ଥାନୀୟ ବିଧାୟକ ଓ ପଂଚାୟତ ସମିତି ଅଧ୍ୟକ୍ଷଙ୍କୁ ଏକ ଲିଖିତ ଅଭିଯୋଗ ପତ୍ର ପ୍ରଦାନ କରାଯିବା ପାଇଁ ନିଷ୍ପତି ହୋଇଛି । ଏହି ବୈଠକରେ ସମାଜସେବୀ ମଧୁସୂଦନ ମହାନ୍ତିଙ୍କ ସଭାପତିତ୍ୱରେ ନାରାୟଣ ଚନ୍ଦ୍ର ନାୟ, ସଂଜୟ କୁମାର ମହାପାତ୍ର, ଉମେଶ ଚନ୍ଦ୍ର ମହାନ୍ତି, ସମିତିସଭ୍ୟ ବିରଜା ପ୍ରସନ୍ନ ରାଉତ, ବିଶ୍ୱଜିତ ପତି, ସଂଜିବ କୁମାର ସାହୁ, ଦୁଃଶାସନ ପଣ୍ଡା, ପ୍ରମୋଦ କୁମାର ମହାନ୍ତି, ମନୋଜ କୁମାର ମହାନ୍ତି, ଗୋଲେଖ ଚନ୍ଦ୍ର ମହାନ୍ତି, ହରେକୃଷ୍ଣ ମହାଳିକ, ଆନନ୍ଦଚନ୍ଦ୍ର ମହାପାତ୍ର, ବାବାଜୀ ଚରଣ ନାୟକ, ପ୍ରଦୀପ ମହାପାତ୍ର, ସନ୍ଦିପ ମହାନ୍ତି, ଜନ୍ମଜୟ ପତି, ବୁଲୁ ପଣ୍ଡା, ଉପେନ୍ଦ୍ର ମହାପାତ୍ର, ରାମଚନ୍ଦ୍ର ସାହୁ, ପ୍ରଦୀପ ନାୟକ, ଦିପ୍ତି ମହାପାତ୍ର, କ୍ଷେତ୍ରବାସୀ ବାରିକ, ହରେକୃଷ୍ଣ ପ୍ରଧାନ, ପ୍ରତାପ ଜେନାଙ୍କ ସମେତ ଶତାଧିକ ଜନସାଧାରଣ ଉପସ୍ଥିତ ରହି ଆଲୋଚନାରେ ଅଂଶ ଗ୍ରହଣ କରିଥିଲେ । ଉପରୋକ୍ତ କାର୍ଯ୍ୟକୁ ପରିଚାଳନା ପାଇଁ ଏକ କମିଟି ଗଠନ କରାଯାଇଛି ।

# ଭୁବନ ବିଜେପି ତରଫରୁ ସେବା ସପ୍ତାହ ଉଦଯାପିତ

ଭୁବନ, (ପିଏନ)- ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ୭୦ ତମ ଜନ୍ମଜୟନ୍ତୀ ଅବସରରେ ଭୁବନ ବିଜେପି ତରଫରୁ ଅନୁଷ୍ଠିତ ସେବା ସପ୍ତାହ କାର୍ଯ୍ୟକ୍ରମ ଉଦଯାପିତ ହୋଇଯାଇଛି । ବୃକ୍ଷରୋପଣ,ଦିବ୍ୟାଙ୍ଗଙ୍କୁ ଉପକରଣ ବଣ୍ଟନ,ଡାକ୍ତରଖାନାରେ ରୋଗୀଙ୍କୁ ଫଳ ବଣ୍ଟନ,ରକ୍ତଦାନ ଶିବିର ଏବଂ ଅନ୍ତିମ ଦିବସରେ ଗତକାଲି ପ୍ରସିଦ୍ଧ ଶୈବପୀଠ ବାବା ବୁଦ୍ଧେଶ୍ୱରଙ୍କ ମନ୍ଦିର ପରିସରରେ ସ୍ୱଚ୍ଛଭାରତ କାର୍ଯ୍ୟକ୍ରମ କରାଯାଇ ସେବା ସପ୍ତାହ ଉଦଯାପିତ ହୋଇଥିଲା । ଭୁବନ ନଗରମଣ୍ଡଳ ସଭାପତି ଭବାନୀ ଶଙ୍କର ବେହେରା ଙ୍କ ନେତୃତ୍ୱରେ ଆୟୋଜିତ ସମସ୍ତ କାର୍ଯ୍ୟକ୍ରମରେ କାମାକ୍ଷାନଗର ବିଧାୟକ ପ୍ରାର୍ଥୀ ତଥା ବରିଷ୍ଠ ବିଜେପି ନେତା ଶତ୍ରୁଘ୍ନ ଜେନା ମୁଖ୍ୟ ଅତିଥି ଭାବେ ଯୋଗଦେଇଥିଲେ । ମଣ୍ଡଳ ସାଧାରଣ ସଂପାଦକ ସୁରେନ୍ଦ୍ର କୁମାର ପୃଷ୍ଟି, ଯୁବମୋର୍ଚ୍ଚା ସଭାପତି ନିର୍ମଳ ଗୁରୁ, ପୂର୍ବତନ କାଉନସିଲର ମାୟାଧର ଗୁରୁ,ପବିତ୍ର ସାହୁ,ଗଣେଶ୍ୱର ନାୟକ,ସୁଶାନ୍ତ ନାୟକ,ସନ୍ତୋଷ ରାଉଳ,ନିରଂଜନ ଗୁରୁ, ମଳୟ ତ୍ରିପାଠୀ,ଜଗବନ୍ଧୁ ଗୁରୁ,ଅଜିତ ସାହୁ,ସଂଜୟ ଗୁରୁ,ନାରୀନେତ୍ରୀ ସରୋଜିନୀ ରଣା,ଅମ୍ବିକା ବେଜ,ସୁକାନ୍ତି ବେହେରା ପ୍ରମୁଖ ଯୋଗଦେଇ କାର୍ଯ୍ୟକ୍ରମକୁ ସଫଳ କରିଥିଲେ । ଅନୁରୂପ ଭାବେ ଭୁବନ ବ୍ଲକର ମହୁଲପାଳ ମଣ୍ଡଳ ସଭାପତି ଚୈତନ୍ୟ ବେହେରା,ମୃଦଙ୍ଗା ସରପଂଚ ଅଶୋକ ଦତ,ମହୁଲପାଳ ସରପଂଚ ମମତା ସାହୁ,ଗଗନ ବିହାରୀ ସାହୁ ଏବଂ ବାରଆଁ ମଣ୍ଡଳ ତରଫରୁ ସଭାପତି ସଂଜୟ ଦାସ ଙ୍କ ନେତୃତ୍ୱରେ ରସାନନ୍ଦ ମହାପାତ୍ର, ଜିଲ୍ଲା ସାଧାରଣ ସଂପାଦକ ପ୍ରେମାନନ୍ଦ ଜେନା ଙ୍କ ସହଯୋଗରେ ସେବା ସପ୍ତାହ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା ।

